୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK | ପର୍ଯ୍ୟବେକ୍ଷକ

Vol.26 . No.217 Bhubaneswar Saturday October 05 2024 | ୨୬ତମ ବର୍ଷ ସଂଖ୍ୟା–୨୧୭ ଭୁବନେଶ୍ୱର, ଶନିବାର, ଅକ୍ଟୋବର ୦୫, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹1.50 | (Air Surcharge - 0.50P) | Member-INS

## ପ୍ରତାପଙ୍କୁ କାଉଣ୍ଟର କଲେ ସାରଦା; କହିଲେ- ମହାଙ୍ଗାରେ ପାଗଳା ବିଲୁଆ ମାତିଛି





ଭୁବନେଶ୍ୱର,୪।୧୦(ପି.ଏନ): ମହାଙ୍ଗାରେ ପାଗଳା ବିଲୁଆ ମାତିଛି...। ଆଜି ଏପରି କହିଛନ୍ତି ମାହାଙ୍ଗା ବିଧାୟକ ସାରଦା ପ୍ରସାଦ ପ୍ରଧାନ। ବିଜେଡି ପଦଯାତ୍ରା ବେଳେ ପୂର୍ବତନ ବିଧାୟକ ପ୍ରତାପ ଜେନା ଦେଇଥିବା ବୟାନକୁ କାଉଣ୍ଟରର କରି ଆଜି ସିଏ ଏପରି ଆକ୍ଷେପ କରିଛନ୍ତି। ଖାଲି ସେତିକି ନୁହେଁ ପ୍ରତାପ ଜେନାଙ୍କ ଗୋହି ଖୋଲିଛନ୍ତି।ଆଜି ମାହାଙ୍ଗା ବ୍ଲକ୍‌? ଭଦ୍ରେଶ୍ୱର ପଞ୍ଚାୟତରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ଯୋଗଦେଇ ସାରଦା ପ୍ରଧାନ କହିଛନ୍ତି, ମହାଙ୍ଗାରେ ଦୁଇଟି ପଶୁ ବୁଲୁଛନ୍ତି। ସେହି ପଶୁ ଦୁଇଟା ପାଗଳ ହୋଇଯାଇଛନ୍ତି। ଗୋଟିଏ ହେଉଛି କୁକୁର ଓ ଅନ୍ୟଟି ହେଉଛି ବିଲୁଆ। କୁକୁର ପାଗଳା ହେଲେ କାମୁଡ଼ିବ ଓ ବିଲୁଆ ପାଗଳା ହେଲେ ଭୋକିବ। ହେଲେ ଏଠି ଗୋଟିଏ ପାଗଳା ବିଲୁଆ ମାତିଛି। ତା' ନାଁ ହେଉଛି ପ୍ରତାପ ଜେନା। ସିଏ ଖାଲି ଭୋକୁଛି। ମାହାଙ୍ଗାରେ ପାଗଳା ବିଲୁଆ ମାତିଛି। ହାରିବାକୁ ୪ ମାସ ବିତିଲାଣି। ହେଲେ ପ୍ରଳାପ ଛାଡୁନି। ଗୁରୁବାର ପାଗଳା ବିଲୁଆ(ପୂର୍ବତନ ବିଧାୟକ)ଙ୍କ ଗୋଟିଏ ଭିଡିଓ ଶୁଣିବାକୁ ପାଇଲି। ସେଥିରେ ସିଏ କହିଛନ୍ତି, ଓଡିଶାର ମୁଖ୍ୟମନ୍ତ୍ରୀ ହେଲେ ନବୀନ ପଟ୍ଟନାୟକ। ଯଦି ଆପଣ ସେହି ଭିଡିଓ ଶୁଣିବେ, ତାହାହେଲେ ଆପଣଙ୍କ ଧୌର୍ଯ୍ୟ ଧରିପାରିବେନି। ଲୋକେ ପ୍ରତ୍ୟାକ୍ଷାନ କରିବାକୁ ୪ ମାସ ନପୁରୁଣୁ ବିଲୁଆ ଭୋକିଲାଣି। ଏହାର ଅର୍ଥ ବିଲିଆ ପାଗଳ ହୋଇଯାଇଛି ବୋଲି ଶ୍ରୀ ପ୍ରଧାନ କହିଛନ୍ତି।

## ନବ ଦାସ ହତ୍ୟାକାଣ୍ଡ: ସୁରକ୍ଷାରେ ଅବହେଳା କରିଥିବା କାରଣରୁ ଚାକିରିରୁ ବହିଷ୍କୃତ ହେଲେ ବ୍ୟକ୍ତିଗତ ସୁରକ୍ଷା ଅଧିକାରୀ




ଭୁବନେଶ୍ୱର,୪।୧୦(ପି.ଏନ): ପୂର୍ବତନ ସ୍ୱାସ୍ଥ୍ୟମନ୍ତ୍ରୀ ନବ ଦାସଙ୍କ ମୃତ୍ୟୁକୁ ଏହା ମଧ୍ୟରେ ପାଖାପାଖି ଦେଢ ବର୍ଷରୁ ଅଧିକ ସମୟ ଅତିକ୍ରାନ୍ତ ହୋଇ ସାରିଲାଣି । ଗତବର୍ଷ ଜାନୁଆରୀ ମାସ ୨୯ ତାରିଖରେ ଝାରସୁଗୁଡା ଜିଲ୍ଲା ବ୍ରଜରାଜନଗରର ଗାନ୍ଧି ଛକରେ ବିଧାୟକ ନବ ଦାସଙ୍କୁ ପୋଲିସ ଏଏସଆଇ ଗୋପାଳ ଦାସ ଗୁଳି କରି ହତ୍ୟା କରିଥିଲେ । ଗାନ୍ଧି ଛକରେ ନବ କାରୁ ଓହ୍ଲାଇବା ସମୟରେ ତାଙ୍କୁ ଗୁଳି କରାଯାଇଥିଲା । ଏହି ସମୟରେ ତାଙ୍କର ବ୍ୟକ୍ତିଗତ ସୁରକ୍ଷା ଅଧିକାରୀ ମିତ୍ରଭାନୁ ଦେଓ ପଛ କାରରୁ ଓହ୍ଲାଇ ଘଟଣାସ୍ଥଳକୁ ଦୌଡି ଆସିବା ବେଳକୁ ସବୁ ସରି ଯାଇଥିଲା । ଗୁଳିବିଦ୍ଧ ଅବସ୍ଥାରେ ନବ ସେହି ସ୍ଥାନରେ ଟଳି ପଡିଥିଲେ । ରାଜ୍ୟ କ୍ୟାବିନେଟର ଜଣେ ଟାଣୁଆ ନେତାଙ୍କ ହତ୍ୟାକାଣ୍ଡକୁ ନେଇ ସେହି ସମୟରେ ସାରା ରାଜ୍ୟରେ ହଇଚଇ ସୃଷ୍ଟି ହୋଇଥିଲା ।ତେବେ ଏହା ମଧ୍ୟରେ ନବଙ୍କ ବ୍ୟକ୍ତିଗତ ସୁରକ୍ଷା ଅଧିକାରୀ ଶ୍ରୀ ଦେଓଙ୍କୁ ଚାକିରିରୁ ବହିଷ୍କୃତ କରାଯାଇଛି । ପୂର୍ବରୁ ସେ ଚାକିରିରୁ ନିଲମ୍ବିତ ହୋଇଥିବା ବେଳେ ନବଙ୍କୁ ସୁରକ୍ଷା ଦେବାରେ ଗୁରୁତର ଅବହେଳା କରିଥିବା ଦର୍ଶାଇ ତାଙ୍କ ବିରୋଧରେ ଏହି ପଦକ୍ଷେପ ଗ୍ରହଣ କରାଯାଇଛି । ଏନେଇ ଗତ ମାସ ୨୭ ତାରିଖରେ ଝାରସୁଗୁଡା ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସ୍ମିତ ପି. ପରମାର ବହିଷ୍କାର ନିର୍ଦ୍ଦେଶ ଜାରି କରିଛନ୍ତି । ରାଜ୍ୟର ଜଣେ କ୍ୟାବିନେଟ ମନ୍ତ୍ରୀଙ୍କୁ ସୁରକ୍ଷା ଦେବାରେ ବିଫଳ ହେବାରୁ ପୂର୍ବରୁ ସେ ସମୟର ଏସପି, ଏସଡିପିଓ, ବ୍ରଜରାଜନଗର ଥାନା ଇନ୍ସପେକ୍ଟରଙ୍କୁ ତ୍ୱରିତ ଭାବେ ଟ୍ରାନ୍ସଫର କରାଯାଇଥିଲା । ସେହି ସମୟରେ ପିଏସଓ ମିତ୍ରଭାନୁଙ୍କୁ ସସପେଣ୍ଡ କରାଯାଇଥିବା ବେଳେ ଏବେ ତାଙ୍କୁ ଚାକିରିରୁ ବରଦାଖସ୍ତ କରାଯାଇଛି ।

## ଅବସରପ୍ରାପ୍ତ ଅଗ୍ନିବୀରଙ୍କୁ ମିଳିବ ନିଯୁକ୍ତି : ବିଜ୍ଞପ୍ତି ପ୍ରକାଶ କଲେ ରାଜ୍ୟ ସରକାର

ଭୁବନେଶ୍ୱର,୪।୧୦(ପି.ଏନ) : ଅବସରପ୍ରାପ୍ତ ଅଗ୍ନିବୀରଙ୍କ ନିଯୁକ୍ତି ନେଇ ରାଜ୍ୟ ସରକାରଙ୍କ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ୟୁନିଫର୍ମ ସେବାରେ ସଂରକ୍ଷଣ ଓ ବୟସସୀମାରେ କୋହଳ ସଂପର୍କିତ ତଥ୍ୟ ବିଜ୍ଞାପନରେ ପ୍ରକାଶ ପାଇଛି । ଅଗ୍ନିବୀରଙ୍କ ପାଇଁ ୟୁନିଫର୍ମ ସେବାରେ ୧୦ ପ୍ରତିଶତ ସଂରକ୍ଷଣ ରହିବ । ତୃତୀୟ ଓ ଚତୁର୍ଥ ଶ୍ରେଣୀର ପଦବୀରେ ନିର୍ଦ୍ଧାରିତ ବୟସସୀମା ୩ ବର୍ଷ କୋହଳ ରହିବ । ଅବସରପ୍ରାପ୍ତ ଅଗ୍ନିବୀରଙ୍କୁ ଶାରୀରିକ ଦକ୍ଷତା ପରୀକ୍ଷା ଦେବାକୁ ପଡିବ ନାହିଁ ।ପୂର୍ବରୁ କାରଗିଲ ବିଜୟ ଦିବସ ପାଳନ ଅବସରରେ ରାଜ୍ୟରେ ଅଗ୍ନିବୀରଙ୍କ ସଂରକ୍ଷଣ ନେଇ ଘୋଷଣା କରିଥିଲେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ୟୁନିଫର୍ମ ସେବା କ୍ଷେତ୍ରରେ ରାଜ୍ୟରେ ଅଗ୍ନିବୀରଙ୍କୁ ୧୦ପ୍ରତିଶିତ ସଂରକ୍ଷଣ ଦିଆଯିବା ସହିତ ୫ବର୍ଷ ବୟସ ସୀମା କୋହଳ କରିବାକୁ ନିଷ୍ପତ୍ତି ହୋଇଥିବା ମୁଖ୍ୟମନ୍ତ୍ରୀ ସୂଚନା ଦେଇଥିଲେ। ଜାରି ହୋଇଥିବା ନିୟମାବଳୀ ଅନୁସାରେ ଓଡିଶାର ପୁଲିସ, ଅଗ୍ନିଶମ ବିଭାଗରେ ଅବସରପ୍ରାପ୍ତ ଅଗ୍ନିବୀରଙ୍କ ନିଯୁକ୍ତି ଲାଗି ୧୦ ପ୍ରତିଶତ ସଂରକ୍ଷଣ ବ୍ୟବସ୍ଥା ରହିବ। ସେହିପରି ରାଜ୍ୟର 'ଗ ଓ ଘ' ବର୍ଗ ପଦବୀରେ ନିର୍ଦ୍ଧାରିତ ବୟସ ସୀମା ୩ବର୍ଷ କୋହଳ କରାଯାଇଛି। ଅବସରପ୍ରାପ୍ତ ଅଗ୍ନିବୀରଙ୍କୁ ଶାରୀରିକ ଦକ୍ଷତା ଦେବାକୁ ପଡିବ ନାହିଁ ବୋଲି କୁହାଯାଇଛି ।

## କ୍ଷମତାର ମୋହ, ଯାହାକୁ ଲାଗିଛି, ତାଠି ଦେଖାଦେଇଛି ଚାରିତ୍ରିକ ପରିବର୍ତ୍ତନ

ଭୁବନେଶ୍ୱର,୪।୧୦(ପି.ଏନ): ଗାନ୍ଧୀ ଜୟନ୍ତୀ ପରଠୁ ରାଜ୍ୟବ୍ୟାପୀ ଚର୍ଚ୍ଚାରେ ଯାଜପୁର ଓ ସେଠାର ପୂର୍ବତନ ବିଧାୟକ ତଥା ବିଜେଡିର ପୂର୍ବତନ ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ । ପ୍ରଣବ ନିର୍ବାଚନ ଲଢିବାକୁ କହିବା ପରଠାରୁ ନାନା କଳ୍ପନା ଜଳ୍ପନା ଆରମ୍ଭ ହୋଇଥିବା ବେଳେ ପଦରୁ ଇସ୍ତଫା ନ ଦେବା ନେଇ ସୁଜାତା ସାହୁଙ୍କ ଟିପ୍ପଣୀ ଆହୁରି ଖୋରାକ ଯୋଗେଇଛି ଚର୍ଚ୍ଚାକୁ । ଓଡିଶା ରାଜନୀତି ସହ ଦୀର୍ଘ ଦିନରୁ ସଂଶ୍ଳିଷ୍ଟ ଥିବା ଲୋକେ କହୁଛନ୍ତି, ବିଜେଡି ଆରମ୍ଭରେ ଯାହା ହୋଇଥିଲା, ଦଳ କ୍ଷମତାରୁ ଯିବା ବେଳକୁ ଇତିହାସ କଡ ଲେଉଟେଇଛି । ପାଟକୁରା ଘଟଣାର ପୁନରାବୃତ୍ତି ହେବାକୁ ଯାଉଛି ଯାଜପୁରରେ ବୋଲି ଚର୍ଚ୍ଚା ହେଉଛି ।ରାଜନୀତି ବିଶାରଦ କହୁଛନ୍ତି, ୨୦୦୦ରେ ବିଜୟ ମହାପାତ୍ରଙ୍କ କ୍ଷେତ୍ରରେ ଯାହା ହୋଇଥିଲା, ଏବେ ବବିଙ୍କ ସହ ଘଟିବାକୁ ଯାଉଛି । ୨୦୦୦ ନିର୍ବାଚନ କାଳରେ ବିଜେଡିର ପ୍ରତିଷ୍ଠାତା ସଦସ୍ୟ ତଥା ରାଜ୍ୟର ବରିଷ୍ଠ ନେତା ବିଜୟ ମହାପାତ୍ର ବିଜେଡିର ପଲିଟିକାଲ ଆଫେୟାର କମିଟି ଅଧ୍ୟକ୍ଷ ଥିଲେ । ନିର୍ବାଚନର ସବୁ ଦାୟିତ୍ୱ ଥିଲା ତାଙ୍କ କାନ୍ଧରେ । ସେ ପାଟକୁରାରୁ ନାମାଙ୍କନ ଦାଖଲ କରିବାର ଥିଲା । କିନ୍ତୁ ଶେଷ ସମୟରେ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସଭାପତି ନବୀନ ପଟ୍ଟନାୟକ ତାଙ୍କ ଟିକେଟ କାଟି ଅତନୁ ସବ୍ୟସାଚୀ ନାୟକଙ୍କୁ ପ୍ରାର୍ଥୀ କରାଇଥିଲେ ।ବିଜୟଙ୍କ ପାଖରେ ନ ଥିଲା ଆଉ କୌଣସି ବାଟ । ତେଣୁ ପାଟକୁରାରୁ ସେତେବେଳେ ଏଆଇସିଏମସିର ପ୍ରାର୍ଥୀ ହୋଇଥିବା ତ୍ରିଲୋଚନ ବେହେରାଙ୍କୁ ନିଜ ସମର୍ଥ ଦେଲେ ବିଜୟ । ବିଜେଡି ତାଙ୍କ ପ୍ରତି କରିଥିବା ବିଶ୍ୱାସଘାତକତାର ପ୍ରତିଶୋଧ ନେବାକୁ ଚାହୁଁଥିଲେ । ଯେତେବେଳେ ବିଜୟଙ୍କ ସମର୍ଥନ ମିଳିଲା, ତ୍ରିଲୋଚନ ବିଜେଡି ପ୍ରାର୍ଥୀ ଅତନୁ ସବ୍ୟସାଚୀଙ୍କୁ ବହୁ ଭୋଟରେ ପରାସ୍ତ କରିଦେଲେ । ସେତେବେଳେ ବିଜୟ ଆଶା ରଖିଥିଲେ, ପାଟକୁରାରେ ଅସମ୍ଭବକୁ ସମ୍ଭବ କରିଥିବାରୁ ତ୍ରିଲୋଚନ କୃତଜ୍ଞତା ସ୍ୱରୂପ ସେହି ଆସନରୁ ଓହରି ଯାଇ ବିଜୟଙ୍କ ପାଇଁ ରାସ୍ତା ପରିଷ୍କାର କରିବେ ।

## ଆସନ୍ତା ୬ରୁ ଅନଲାଇନ୍ ମାଧ୍ୟମରେ ହବିଷ୍ୟାଳୀ ଆବେଦନ: ଜିଲ୍ଲାପାଳ



ପୁରୀ,୪।୧୦(ପି.ଏନ): କାର୍ତ୍ତିକ ବ୍ରତ ପାଇଁ ଆସନ୍ତା ୬ରୁ ହବିଷ୍ୟାଳୀ ଆବେଦନ ଆରମ୍ଭ ହେବ । କେବଳ ଅନଲାଇନ୍ ମାଧ୍ୟମରେ ଆବେଦନ ଗ୍ରହଣ କରାଯିବ ବୋଲି ସୂଚନା ଦେଇଛନ୍ତି ଜିଲ୍ଲାପାଳ। ଆସନ୍ତା ଅକ୍ଟୋବର ୬ରୁ ୧୧ ତାରିଖ ଯାଏଁ edistrict.odisha.gov.inରେ ଆବେଦନ କରିପାରିବେ ହବିଷ୍ୟାଳୀ ।ତେବେ କାର୍ତ୍ତିକ ବ୍ରତ ପାଳନ କରିବା ପାଇଁ ଦୂର ଦୂରାନ୍ତରୁ ଶ୍ରୀମନ୍ଦିରରେ ହବିଷ୍ୟାଳୀଙ୍କ ଭିଡ ଜମିବ । ଏଥିପାଇଁ ୪ଟି ସ୍ଥାନରେ ପ୍ରାୟ ୨୫୦୦ ହବିଷ୍ୟଳୀଙ୍କ ପାଇଁ ରହଣୀ ବ୍ୟବସ୍ଥା କରାଯିବ ।

## କହୁ କହୁ ଅକୁହା କଥା କହିଲେ ବିଜେଡି ନେତା; ଅଡିଓ ଭାଇରାଲ୍



ଭୁବନେଶ୍ୱର,୪।୧୦(ପି.ଏନ): ଖୋର୍ଦ୍ଧା ମାଟି ହେଉଛି ବୀରଙ୍କ ମାଟି। ଏ ମାଟି କେତେ ରକ୍ତ ରଞ୍ଜିତ ହୋଇଛି, ତାହାର ହିସାବ କାହା ପାଖରେ ନାହିଁ। ହେଲେ ରାଜନୀତିରେ ଅନ୍ଧ ହୋଇ ନିଜକୁ ପାଇକ ପୁଅ ବୋଲି କହୁଥିବା ପୂର୍ବତନ ବିଜେଡି ବିଧାୟକ ରାଜେନ୍ଦ୍ର ସାହୁ ଆଜି ତଳସ୍ତରକୁ ଖସି ଯାଇଛନ୍ତି। ଆଉ ଖୋର୍ଦ୍ଧାବାସୀଙ୍କ ପ୍ରତି ଆପତ୍ତିଜନକ ଶବ୍ଦ ପ୍ରୟୋଗ କରିଛନ୍ତି। ଖୋର୍ଦ୍ଧା ଜିଲ୍ଲାର ଲୋକଙ୍କୁ ବିଶ୍ୱସ କରିହେବନି। ଯାହାକୁ ବିଶ୍ୱାସ କରୁଥିବ, ଯାହାକୁ ସାଙ୍ଗରେ ଧରି ବୁଲୁଥିବ ସିଏ ତୁମ ପଛ ପଟେ ଛୁରା ମାରିବ ବୋଲି ଖୋଲା ମଞ୍ଚରେ କହିଛନ୍ତି ରାଜେନ୍ଦ୍ର ସାହୁ। ଯାହାର ଅଡିଓ ଭାଇରାଲ୍ ହୋଇଛି। ବିଜେଡିର ପରାଜୟ ପରେ ଭୁବନେଶ୍ୱର ଶଙ୍ଖ ଭବନରେ ବସିଥିଲା ଦଳୀୟ ବୈଠକ। ଏଥିରେ ନିଜ ପରାଜୟକୁ ନେଇ ସମୀକ୍ଷା କରିଥିଲେ ରାଜେନ୍ଦ୍ର ସାହୁ। ବିଜେଡିର କାର୍ଯ୍ୟ ଧାରାକୁ ସମାଲୋଚନା କରିବାକୁ ଯାଇ ଖୋର୍ଦ୍ଧା ବାସୀଙ୍କ ପ୍ରତି ଆପତ୍ତିଜନକ ମନ୍ତବ୍ୟ ଦେବା ସହ ଗାଳି ଗୁଲଜ କରିଥିଲେ।

## ଗଡିଲା ଯାଜପୁରର ଅଧିଷ୍ଠାତ୍ରୀ ଦେବୀ ମା' ବିରଜାଙ୍କ ସିଂହଧ୍ୱଜ ରଥ; ନବମୀ ପର୍ଯ୍ୟନ୍ତ ଚାଲିବ ରଥଯାତ୍ରା

ଯାଜପୁର,୪।୧୦(ପି.ଏନ): ଗଡିଲା ଯାଜପୁରର ଅଧିଷ୍ଠାତ୍ରୀ ଦେବୀ ମା' ବିରଜାଙ୍କ ସିଂହଧ୍ୱଜ ରଥ । ଭକ୍ତ ମାନଙ୍କ ଦ୍ୱାରା ବିରଜାଙ୍କ ରଥ ଦାଣ୍ଡରେ ମା ବିରଜାଙ୍କ ସିଂହଧ୍ୱଜ ରଥକୁ ସିଂହଦ୍ୱାର ସମୁଖରୁ ଟାଣି ଟାଣି ନେଇ ପୂର୍ବ ଉତ୍ତର କୋଣରେ ରଖିଛନ୍ତି । ଏହି ରଥ ଯାତ୍ରା ନବମୀ ପର୍ଯ୍ୟନ୍ତ ଚାଲୁ ରହିବ । ଗୁରୁବାର ଅପରାହ୍ନ ସମୟରେ ରଥ ମଣ୍ଡପରେ ରଥ ପ୍ରତିଷ୍ଠା କାର୍ଯ୍ୟ ରୀତିନୀତି ଅନୁଯାଇ ସମ୍ପୂର୍ଣ ହେବାପରେ ମା ବିରଜାଙ୍କ ବିଜେ ପ୍ରତିମାକୁ ଏକ ସୁସଜିତ ବିମାନରେ ନିଆଯାଇଥିଲା ।ସେବାୟତ ମାନେ ମା'ଙ୍କ ଶ୍ରୀଅଙ୍ଗ ଲାଗି ରତ୍ନ ସିଂହାସନରୁ ଘଣ୍ଟା, ବାଦ୍ୟ, ଦୁନ୍ଦିଭି, ଛତା ତରାଶ, ଆର୍ଷାବାଡ଼ି ପ୍ରଭୃତି ବଜାଇ ରଥକୁ ରୀତିନୀତି ଅନୁଯାଇ ପୂଜା କରିବା ପରେ ବିଜେ ପ୍ରତିମାକୁ ରଥ ସିଂହାସନରେ ରଥାରୁଢ଼ କରିଥିଲେ ।ପରେ ରଥ ଦାଣ୍ଡରେ ଉପସ୍ଥିତ ଥିବା ଭକ୍ତମାନେ ସିଂହଧ୍ୱଜ ରଥକୁ ଟାଣି ନେଇଥିଲେ । ବୁଧବାର ରାତ୍ରିରେ ରଥାଧୀବାସ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଗୁରୁବାର ଠାରୁ ମା ବିରଜାଙ୍କ ନବଦିନ ବ୍ୟାପି ପାଦ ଦର୍ଶନ ଆରମ୍ଭ ହେଇଛି ।

## ଦୁଇ ଦିନିଆ ପାକିସ୍ତାନ ଗସ୍ତରେ ଯିବେ ଏସ ଜୟଶଙ୍କର



ଭୁବନେଶ୍ୱର,୪।୧୦(ପି.ଏନ): ପାକିସ୍ତାନ ଯିବେ ବୈଦେଶିକ ମନ୍ତ୍ରୀ ଏସ ଜୟଶଙ୍କର। ଇସଲାମବାଦରେ ଆୟୋଜିତ ହେବାକୁ ଥିବା ସଙ୍ଘାଇ ସମ୍ମିଳନୀର ବାର୍ଷିକ ବୈଠକରେ ଯୋଗଦେବାକୁ ସେ ପାକିସ୍ତାନ ଗସ୍ତ କରିବେ ।ଅଗଷ୍ଟ ୩୦ରେ ଏନେଇ କେନ୍ଦ୍ର ସରକାରଙ୍କ ପକ୍ଷରୁ ନିଶ୍ଚିତ କରାଯାଇଥିଲା। ସଙ୍ଘାଇ ସମ୍ମିଳନୀରେ ଯୋଗଦେବା ପାଇଁ ପାକିସ୍ତାନ ନିମନ୍ତ୍ରଣ ପଠାଇଥିବା ନେଇ କେନ୍ଦ୍ର ସରକାର ସୂଚନା ଦେଇଥିଲେ। କିନ୍ତୁ ବୈଦେଶିକ ମନ୍ତ୍ରୀଙ୍କ ଗସ୍ତ ନେଇ ସ୍ପଷ୍ଟ କରାଯାଇନଥିଲା। ସେ ଅକ୍ଟୋବର ୧୫ ଏବଂ ୧୬ରେ ଏହି ବୈଠକରେ ଯୋଗଦେବାକୁ ପାକିସ୍ତାନ ଗସ୍ତ କରିବା ନେଇ ଆଜି ସ୍ପଷ୍ଟ କରାଯାଇଛି ।ପ୍ରତିବର୍ଷ ଝଉଙ୍ଗ (ସଙ୍ଘାଇ କର୍ପୋରେସନ ଅର୍ଗାନାଇଜେସନ)ର ବୈଠକ ବସିଥାଏ। ଏହାର ସଦସ୍ୟ ରାଷ୍ଟ୍ରମାନେ ବୈଠକର ଅଧ୍ୟକ୍ଷତା କରନ୍ତି। ଚଳିତ ବର୍ଷ ପାକିସ୍ତାନ ଅଧ୍ୟକ୍ଷତା କରୁଛି। ତେଣୁ ଅକ୍ଟୋବରରେ ଇସଲାମାବାଦରେ ଏସସିଓ ପରିଷଦର ସରକାରୀ ବୈଠକ ଆୟୋଜିତ ହେବ।

## ସୁରକ୍ଷାକର୍ମୀଙ୍କୁ ବଡ ସଫଳତା: ଟଳିଲେ ୩୬ ନକ୍ସଲ



ଭୁବନେଶ୍ୱର,୪।୧୦(ପି.ଏନ): ସୁରକ୍ଷାକର୍ମୀଙ୍କୁ ମିଳିଛି ବହୁତ ବଡ ସଫଳତା। ଛତିଶଗଡର ନାରାୟଣପୁର- ଦାନ୍ତେୱାଡ ସୀମାନ୍ତରେ ଥିବା ଗୋଟିଏ ଜଙ୍ଗଲରେ ସୁରକ୍ଷାକର୍ମୀଙ୍କ ଗୁଳିରେ ଟଳିଛନ୍ତି ୩୬ ନକ୍ସଲ। ଜଙ୍ଗଲ ମଧ୍ୟରୁ ୩୬ ଜଣ ମାଓବାଦୀଙ୍କ ମୃତଦେହ ଉଦ୍ଧାର ହୋଇଥିବା ବେଳେ ଏବେ ବି ସେଠାରେ ସର୍ଚ୍ଚ ଅପରେସନ ଜାରି ରହିଛି। ତେଣୁ ଆଗକୁ ଆହୁରି ମୃତଦେହ ମିଳିବାର ସମ୍ଭାବନା ରହିଛି। ୩୬ ନକ୍ସଲଙ୍କ ମୃତଦେହ ନିକଟରୁ ବିପୁଳ ପରିମାଣର ଅସ୍ତ୍ରଶସ୍ତ୍ର ଓ ବନ୍ଧୁକ ଜବତ କରାଯାଇଛି। ଗୁରୁବାର ଠାରୁ ଜଙ୍ଗଲ ମଧ୍ୟରେ ଜିଲ୍ଲା ରିଜର୍ଭ ଗାର୍ଡ(ଡିଆରଜି) ଓ ସ୍ୱ ?ଶାଲ ଟାସ୍କ ଫୋର୍ସ(ଏସଟିଏଫ) ପକ୍ଷରୁ ନକ୍ସଲ ବିରୋଧୀ ଅଭିଯାନ ଆରମ୍ଭ କରାଯାଇଥିଲା। ଆଜି ପ୍ରାୟ ଦିନ ୧୨.୩୦ ବେଳେ ନକ୍ସଲଙ୍କ ଉପସ୍ଥିତି ସମ୍ପର୍କରେ ସୂଚନା ମିଳିଥିଲା। ନକ୍ସଲମାନେ ସୁରକ୍ଷାକର୍ମୀଙ୍କୁ ଦେଖିବା ମାତ୍ରେ ଗୁଳି ଚଳାଇବା ଆରମ୍ଭ କରିଥିଲେ। ସୁରକ୍ଷାକର୍ମୀଙ୍କ ପକ୍ଷରୁ ମଧ ଏହାର ଜବାବ ଦିଆଯାଇଥିଲା। ଦୀର୍ଘ ସମୟ ଧରି ଗୁଳି ବିନିମୟ ପରେ ସର୍ଚ୍ଚ ଅପରେସନ ଆରମ୍ଭ ହୋଇଥିଲା। ଏହି ସମୟରେ ୩୬ ଜଣ ମାଓବାଦୀଙ୍କ ମୃତଦେହ ଉଦ୍ଧାର ହୋଇଛି। ସେମାନଙ୍କ ନିକଟରୁ ଏକେ ୪୭ ସହ ବିପୁଳ ପରିମାଣର ରାଇଫଲ ମିଳିଛି।

## ୭ ହଜାର ଲାଞ୍ଚ ନେଉଥିଲେ ସରକାରୀ ବାବୁ, କନିଷ୍ଠ ଯନ୍ତ୍ରୀଙ୍କ ଉପରେ ମାଡି ବସିଲା ଭିଜିଲାନ୍ସ

ଭୁବନେଶ୍ୱର,୪।୧୦(ପି.ଏନ): ଲାଞ୍ଚ ନେଇ ଧରାପଡିଲେ ସରକାରୀ ବାବୁ । ବେଲପଡା ବ୍ଲକର କନିଷ୍ଠ ଯନ୍ତ୍ରୀ ଲାଞ୍ଚ ନେବା ବେଳେ ଭିଜିଲାନ୍ସ ହାବୁଡରେ ଧରାପଡିଛନ୍ତି । ସୂଚନା ଅନୁସାରେ, ମନେରେଗା କାର୍ଯ୍ୟ ବିଲ୍ କରାଇଦେବା ପାଇଁ ଲାଞ୍ଚ ନେଉଥିଲେ ସରକାରୀ ବାବୁ । ୭ ହଜାର ନେଉଥିବା ବେଳେ ଧରାପଡିଲେ କନିଷ୍ଠ ଯନ୍ତ୍ରୀ ହରେକୃଷ୍ଣ ସାହୁ । ପୂର୍ବରୁ ୧୫ ହଜାର ନେଇଥିବା ବେଳେ ଆଜି ପୁଣି ୭ ହଜାର ଲାଞ୍ଚ ନେଉଥିଲେ ହରେକୃଷ୍ଣ । ଏନେଇ ଭିଜିଲାନ୍ସ ବିଭାଗ ତଦନ୍ତ ଆରମ୍ଭ କରିଥିବା ବେଳେ ଆଉ କେତେ କେଳେଙ୍କାରୀ ହୋଇଛି ସେନେଇ ପଚରାଉଚରା ଜାରି ରହିଛି । ତଦନ୍ତ ଶେଷ ହେବା ପରେ ପ୍ରକୃତ ସତ୍ୟ ସାମ୍ନାକୁ ଆସିପାରିବ ।

## ଗଣଶିକ୍ଷା ବିଭାଗର ଆଉ ଏକ ନିଷ୍ପତ୍ତି: ପ୍ରାଥମିକ ଓ ଉଚ୍ଚ ପ୍ରାଥମିକ ସ୍କୁଲ ପିଲାଙ୍କର ୟୁନିଫର୍ମ ରଙ୍ଗ ବଦଳିବ !




ଭୁବନେଶ୍ୱର,୪।୧୦(ପି.ଏନ): ନିକଟରେ ରାଜ୍ୟ ସରକାର ହାଇସ୍କୁଲ ପିଲାଙ୍କର ୟୁନିଫର୍ମକୁ ନେଇ ଏକ ବଡ ନିଷ୍ପତ୍ତି ନେଇଥିଲେ । ନବମ ଓ ଦଶମ ଶ୍ରେଣୀ ଛାତ୍ରଛାତ୍ରୀଙ୍କର ୟୁନିଫର୍ମ ରଙ୍ଗ ବଦଳାଇବା ନେଇ ପଦକ୍ଷେପ ଗ୍ରହଣ କରାଯାଇଥିଲା । ପୂର୍ବରୁ ପିଲାମାନେ ସବୁଜ ରଙ୍ଗର ୟୁନିଫର୍ମ ପିନ୍ଧୁଥିବା ବେଳେ ଏବେ ବାଦାମୀ ରଙ୍ଗର ପୋଷାକ ପିନ୍ଧିବା ନେଇ କୁହାଯାଇଥିଲା । ସମସ୍ତ ସରକାରୀ ଓ ସରକାରୀ ଅନୁଦାନପ୍ରାପ୍ତ ସ୍କୁଲର ଛାତ୍ରଛାତ୍ରୀ ନୂଆ ବାଦାବୀ ରଙ୍ଗର ୟୁନିଫର୍ମ ପରିଧାନ କରିବେ । ରାଜ୍ୟ ସରକାରଙ୍କ ତରଫରୁ ଏହି ସମସ୍ତ ସ୍କୁଲକୁ ୟୁନିଫର୍ମ ଯୋଗାଇ ଦିଆଯିବ । ଏନେଇ ସ୍କୁଲ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟକୁ ଚିଠି ଲେଖାଯାଇଥିଲା ।ତେବେ ଏହା ଆଗକୁ ଆବଶ୍ୟକ ପଡିଲେ ପ୍ରାଥମିକ ଓ ଉଚ୍ଚ ପ୍ରାଥମିକ ସ୍କୁଲ (ଏଲିମେଣ୍ଟାରୀ)ର ପିଲାଙ୍କର ୟୁନିଫର୍ମ ରଙ୍ଗ ପରିବର୍ତ୍ତନ କରାଯିବ । ରାଜନୈତିକ ଉଦ୍ଦେଶ୍ୟ ରଖି ଯଦି ରଙ୍ଗ ପରିବର୍ତ୍ତନ କରାଯାଇଥିବ ତେବେ ତାହାକୁ ବଦଳାଯିବ ବୋଲି ସ୍କୁଲ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି । ତେବେ କେବଳ ୟୁନିଫର୍ମ ନୁହେଁ, ସ୍କୁଲ କୋଠାର ରଙ୍ଗ ମଧ ବଦଳାଇବାକୁ ଯୋଜନା କରାଯାଇଥିବା ଜଣାପଡିଛି । ପ୍ରାଥମିକ ପର୍ଯ୍ୟାୟରେ ହାଇସ୍କୁଲ ପିଲାଙ୍କ ୟୁନିଫର୍ମ ରଙ୍ଗ ପରିବର୍ତ୍ତନ କରାଯିବା ପରେ ଦ୍ୱିତୀୟ ପର୍ଯ୍ୟାୟରେ ଏଲିମେଣ୍ଟାରୀ ସ୍କୁଲ ପିଲାଙ୍କର ୟୁନିଫର୍ମ ରଙ୍ଗ ପରିବର୍ତ୍ତନ କରାଯିବ । ପ୍ରଥମେ ହାଇସ୍କୁଲ ପିଲାଙ୍କର ପୋଷାକର ରଙ୍ଗ ପରିବର୍ତ୍ତନ କରିବାକୁ ରାଜ୍ୟ ସରକାର ନିଷ୍ପତ୍ତି ଗ୍ରହଣ କରିଛନ୍ତି ।

## ହୋଇପାରିଲାନି ଅବଢା, ଅର୍ପଣ ଚାଉଳରୁ ସଂଗ୍ରହ ହେଲା ୨,୮୬,୯୬ହଜାର ଟଙ୍କା




ପୁରୀ,୪।୧୦(ପି.ଏନ): ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପ ସମୟରେ ବିଜେଡି ସରକାର ଦ୍ୱାରା ସଂଗୃହିତ ଅର୍ପଣ ଚାଉଳ ନିଲାମ ହୋଇଛି । ପୁରୀ ଜିଲ୍ଲା ପ୍ରଶାସନ ପକ୍ଷରୁ ଅର୍ପଣ ଚାଉଳକୁ ନିଲାମ କରାଯାଇଛି । ଏନେଇ ସୂଚନା ଦେଇଛନ୍ତି ପୁରୀ ଜିଲ୍ଲାପାଳ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ । ମୋଟ ୧୦, ୩୨୨ କୁଇଣ୍ଟାଲ ନିଲାମ ହୋଇଛି । କୁଇଣ୍ଟାଲ ପ୍ରତି ୨୭୮୦ ଟଙ୍କା ଦରରେ ଅର୍ପଣ ଚାଉଳ ନିଲାମ ହୋଇଛି । ଏହି ନିଲାମରୁ ମୋଟ ୨,୮୬,୯୬ହଜାର ଟଙ୍କା ସଂଗ୍ରହ ହୋଇଛି ।ପରିକ୍ରମା ପ୍ରକଳ୍ପ ପାଇଁ ବିଜେଡି ସରକାର ଦ୍ୱାରା ଗାଁ ଗାଁରୁ ୧୪ ହଜାର କୁଇଣ୍ଟାଲ ଚାଉଳ ସଂଗ୍ରହ ହୋଇଥିଲା । ସେଥିରୁ ୨ ହଜାର ଚାଉଳରେ ଅଭଡା ବଣ୍ଟନ ହୋଇଥିଲା । କିନ୍ତୁ ଅର୍ପଣ ଚାଉଳରେ ଉଷୁନା ଓ ଅରୁଆକୁ ନେଇ ତେଜିଥିଲା ବିବାଦ । ଚାଉଳ ରଖିବାକୁ ଯାଗାର ଅଭାବ ପାଇଁ ବହୁ ଚାଉଳ ନଦୀରେ ପିଙ୍ଗି ଦିଆଯାଇଥିବା ଅଭିଯୋଗ ହୋଇଥିଲା । ତେବେ ପୂର୍ବରୁ କିଛି ସୁଆର ସେବାୟତ ଅର୍ପଣ ଚାଉଳରେ ଅଭଡା ରାନ୍ଧି ୪ ଦ୍ୱାରରେ ଭକ୍ତଙ୍କୁ ମାଗଣା ବାଣ୍ଟିବା ପ୍ରସ୍ତାବ ଦେଇଥିଲେ ।ହେଲେ ଏତେ ଚାଉଳ ରଖିବାକୁ ଯାଗାର ଅଭାବ ସାଙ୍ଗକୁ ଉପଯୁକ୍ତ ରକ୍ଷଣାବେକ୍ଷଣ ହୋଇ ନ ପାରିବାରୁ ବହୁ ଚାଉଳ ପାଣିରେ ଭିଜି ଯିବା ପରି ଦୃଶ୍ୟ ମଧ ଗଣମାଧ୍ୟମରେ ଦେଖିବାକୁ ମିଳିଛି । ଅର୍ପଣ ଚାଉଳକୁ ନେଇ ପ୍ରାୟ ୯ ମାସ ହେବ ବହୁ ବାଦ ବିବାଦ ପରେ ଶେଷରେ ଜିଲ୍ଲା ପ୍ରଶାସନ ସେସବୁକୁ ଆଜି ନିଲାମ ଦେଇଛି । ଏହି ଅର୍ଥ ମନ୍ଦିର ପ୍ରଶାସନକୁ ଯିବ ।






# ଟି ଟାଇମ୍



## ଜୋକ୍ସ

ରାମୁ ରୋହିତ୍‌କୁ କହିଲା: ତତେ ପହଁରିବା ଆସେ।

ରୋହିତ: ନା ଆସେନି।

ରାମୁ: ତୋଠୁ ତ ମୋ କୁକୁର ଭଲ, ସେ ପହଁରି ପାରୁଛି।

ରୋହିତ୍: ତତେ ପହଁରିବା ଆସୁଛି ?

ରାମୁଁ : ହଁ

ରୋହିତ୍: ତାହେଲେ ତୋ କୁକୁର ଆଉ ତୋ ଭିତରେ ଫରକ କ'ଣ ରହିଲା।

# ପ୍ଲାଷ୍ଟିକ୍ ବେବି



ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍‍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

# ଚର୍ଚ୍ଚାରେ 'ହରାମ୍‌ଖୋର'

ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ 'ହରାମ୍‌ଖୋର'ର ଟ୍ରେଲର ରିଲିଜ କରାଯାଇଛି। ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା। ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି। ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ। ଶ୍ଳୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ। ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ



ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି। ନିଚ୍ଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି।

## ପୁରାଣ କାହାଣୀ

# କୁଟୁମ୍ୱେଶ୍ୱର ମହାଦେବଙ୍କ ମହାତ୍ମ୍ୟ



ସଂସାର ହିତ ଲାଗି ସୋମବତୀ ଅମାବାସ୍ୟା କୁଟୁମ୍ୱେଶ୍ୱର ଲିଙ୍ଗଙ୍କୁ ଦର୍ଶନ କଲେ କୁଟୁମ୍ବ ବୃଦ୍ଧି ପାଇବା ସହ ସମସ୍ତ ପାପ ଦୂର ହୋଇଥାଏ । ରବିବାର, ସୋମବାର, ଅଷ୍ଟମୀ, ଚତୁର୍ଦ୍ଦଶୀ ତଥା ସୋମବତୀ ଦିନ ଶିପ୍ରା ନଦୀରେ ସ୍ନାନ କରି କୁଟୁମ୍ୱେଶ୍ୱରଙ୍କୁ ଦର୍ଶନ କଲେ ସୁଫଳ ମିଳିଥାଏ । ଏହାସହ ସ୍କନ୍ଦ ପୁରାଣରେ କୁଟୁମ୍ୱେଶ୍ୱରଙ୍କ ମହାତ୍ମ୍ୟ ବର୍ଣ୍ଣନା କରାଯାଇଛି । ଏକଦା ଦେବତା ଓ ରାକ୍ଷସ ସମୁଦ୍ର ମନ୍ଥନ କରୁଥିବା ବେଳେ ବିଷ ଉତ୍ପନ୍ନ ହେଲା । ଏହାଦେଖି ରାକ୍ଷସ ଓ ଦେବତାମାନେ ବିଚଳିତ ହୋଇ ଉଠିଲେ । ସେମାନେ ଭଗବାନ ଶିବଙ୍କ ନିକଟକୁ ଯାଇ ସମସ୍ତ କଥା ପ୍ରକାଶ କରି ବିଷକୁ ଦୂର କରିବା ଲାଗି ପ୍ରାର୍ଥନା କଲେ । ମହାଦେବ ସମସ୍ତ କଥା ଶୁଣିବା ପରେ ମୟୂର ରୂପ ଧାରଣ କରି ସେହି ବିଷକୁ ପାନ କରିବା ଦ୍ୱାରା ତାଙ୍କ କଣ୍ଠ ନୀଳ ପଡିଗଲା । କିନ୍ତୁ ମହାଦେବ ଏହି ବିଷକୁ ଦୂର କରିବା ଲାଗି ଶିପ୍ରା ନଦୀକୁ ଆଦେଶ ଦେଲେଯେ ଏହି ବିଷକୁ ନେଇ ସେ ମହାକାଳ ବଣରେ ଥିବା କାମେଶ୍ୱରସ୍ଥିତ ଏକ ଲିଙ୍ଗ ଉପରେ ଚଢ଼ାଇ ଦିଅ । ମା' ଶିପ୍ରା ନଦୀ ଉକ୍ତ ବି:କୁ ନେଇ ଲିଙ୍ଗ ଉପରେ ଢ଼ାଳିଦେଲେ । ବିଷର ପ୍ରଭାବରେ ଯେଉଁ ପ୍ରାଣୀ ତାଙ୍କୁ ଦର୍ଶନ କରୁଥିଲେ ସେମାନେ ମୋକ୍ଷ ପ୍ରାପ୍ତ କରୁଥିଲେ । କିଛି ବ୍ରାହ୍ମଣ ତୀର୍ଥ ଯାତ୍ରା କରିବା ଲାଗି ଏହି ଲିଙ୍ଗ ନିକଟକୁ ଆସି ଦର୍ଶନ କଲେ । ଦର୍ଶନ ଫଳରେ ସମସ୍ତ ବ୍ରାହ୍ମଣ ଦେହତ୍ୟାଗ କଲେ ଏହାଦ୍ୱାରା ତାଙ୍କ କୁଟୁମ୍ବ ଲୋପ ପାଇବାକୁ ଲାଗିଲା । ଏହା ଦେଖି କିଛି ବ୍ରାହ୍ମଣ ତାଙ୍କ କୁଟୁମ୍ବକୁ ବଞ୍ଚାଇବା ଲାଗି ଭଗବାନ ଶିବଙ୍କୁ ପ୍ରାର୍ଥନା କଲେ ଉକ୍ତ ପ୍ରାର୍ଥନାକୁ ସ୍ୱୀକାର କରି ମହାଦେବ କହିଲେ ରାଜା ଲକୁଳିଶ ଏହି ଲିଙ୍ଗକୁ ଦର୍ଶନ କଲେ ବିଷର ପ୍ରଭାବ ଆପେ ଆପେ ଦୂର ହୋଇଯିବ । ଏହି ଲିଙ୍ଗକୁ କୁଟୁମ୍ୱେଶ୍ୱର କୁହାଯିବ କହି ମହାଦେବ ଅନ୍ତର୍ଦ୍ଧାନ ହୋଇଗଲେ ସେବେଠାରୁ ଏହି ଲିଙ୍ଗର ନାମ କୁଟୁମ୍ୱେଶ୍ୱର ରହି ଆସିଛି ।

# ୫୦୦ କୋଟି ବନାମ ୫୦୦ଟଙ୍କା

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବିମୁଦ୍ରାକରଣ ନୀତି ସତ୍ତ୍ୱେ ଦେଶବାସୀ ଦେଖିଥିଲେ କର୍ଣ୍ଣାଟକର ପୂର୍ବତନ ମନ୍ତ୍ରୀ ତଥା ଖଣି ମାଲିକ ଜନାର୍ଦ୍ଦନ ରେଡ୍ଡୀଙ୍କ ଝିଅ ବ୍ରାହ୍ମଣୀଙ୍କ ୫୦୦ କୋଟିର ବିବାହ। ବିବାହ କାର୍ଡ, ପୋଷାକଠାରୁ ଆରମ୍ଭ କରି ଭୋଜିଭାତରେ ଖର୍ଚ୍ଚ ହୋଇଥିଲା କୋଟି କୋଟି ଟଙ୍କା। ଏବେ କିନ୍ତୁ ଦେଶବାସୀ ଏହି ନୀତିର ଅପରପାର୍ଶ୍ୱ ଦେଖିବାକୁ ପାଇଛନ୍ତି। ସାଧାରଣ ଜନତା ଏହି ନୀତି ଦ୍ୱାରା କେତେମାତ୍ରାରେ ପ୍ରଭାବିତ ହୋଇଛନ୍ତି ତାହାର ଜ୍ୱଳନ୍ତ ଉଦାହରଣ ସାଜିଛି ସୁରଟର ଦକ୍ଷା ପରମାର୍ ଓ ଭାରତ ମାରୁଙ୍କ ମାତ୍ର ୫୦୦ ଟଙ୍କାର ବିବାହ। ସୁରଟର ଏକ ଇଲେକଟ୍ରିସିଟି କମ୍ପାନୀରେ ଟେର୍କ୍ନିସିଆନ ଭାବେ କାର୍ଯ୍ୟ କରୁଥିବା ରାଜ୍ ପରମାର୍ ନିଜ ଝିଅ ଦକ୍ଷାଙ୍କ ବିବାହ ଠିକ୍ କରିଥିଲେ କମ୍ପ୍ୟୁଟର ଇନିୟର ଭାରତ ମାରୁଙ୍କ ସହ। ଦୀପାବଳି ପୂର୍ବରୁ ଉଭୟ ପରିବାରର ମିଳାମିଶା ପରେ ବିବାହ ତାରିଖ ଦୀପାବଳି ପରେ ତଥା ନଭେମ୍ବର ୨୪କୁ ନିର୍ଦ୍ଧାରଣ କରାଯାଇଥିଲା। ଏହା ମଧ୍ୟ ସ୍ଥିର କରାଯାଇଥିଲା କି ଖୁବ୍ ଧୂମ୍‌ଧାମରେ ବିବାହ କରାଯିବ। ମାତ୍ର ୮ ତାରିଖରେ ୫୦୦ ଓ



୧୦୦୦ ଟଙ୍କିଆ ଅଚଳ ଉପରେ ଭାଷଣ ଶୁଣିବା ପରେ ଚିନ୍ତାରେ ଆସିଯାଇଥିଲେ ଉଭୟ ପରିବାର। ଜାକଜମକରେ କରିବାକୁ ଥିବା ବିବାହ ଆଶା ମଉଳି ଯାଇଥିଲା ସେମାନଙ୍କର। ନିର୍ଦ୍ଧାରିତ ତାରିଖ ପରିବର୍ତ୍ତେ ଅନ୍ୟ ତାରିଖରେ ବିବାହ କରିବା ପାଇଁ ଯୋଜନା କରିବାକୁ ଆରମ୍ଭ କରିଥିଲେ। କିନ୍ତୁ ସେହି ସମୟରେ ଦକ୍ଷା ଏକ ଉପାୟ ଚିନ୍ତା କରିଥିଲେ। ସେ ବିନା ଆଡମ୍ବରରେ ଭୋଜିରେ କେବଳ ଚା ଓ ପାଣିର ବ୍ୟବସ୍ଥା କରି ବିବାହ କରିବାର ପ୍ରସ୍ତାବ ପରିବାର ସଦସ୍ୟଙ୍କୁ ଦେଇଥିଲେ। ପ୍ରଥମେ ପରିବାର ଲୋକଙ୍କୁ ଦକ୍ଷାଙ୍କ ଏହି ପ୍ରସ୍ତାବ ଉଚିତ ଲାଗିନଥିଲା। କିନ୍ତୁ ବାରମ୍ୱାର ବୁଝାଇବା ପରେ ସେମାନେ ରାଜି ହୋଇଥିଲେ। ପରେ ଉଭୟ ଦକ୍ଷା ଏବଂ ତାଙ୍କ ପରିବାର ସଦସ୍ୟ ମିଶି ଭାରତଙ୍କ ପରିବାର ଲୋକଙ୍କୁ ପ୍ରସ୍ତାବ ଦେଇଥିଲେ। ପ୍ରଥମେ ମଧ୍ୟ ଭାରତଙ୍କ ପରିବାର ଠାରୁ ଅନୁରୂପ ପ୍ରତିକ୍ରିୟା ମିଳିଥିଲା। ମାତ୍ର ପରେ ସେମାନେ ମଧ୍ୟ ରାଜି ହୋଇଯାଇଥିଲେ। କାରଣ ତାଙ୍କ ପାଇଁ ପିଲାମାନଙ୍କ ବିବାହ ଅଧିକ ଗୁରୁତ୍ୱ ରଖୁଥିଲା ସେଥିରେ ଖର୍ଚ୍ଚର ପରିମାଣ ନୁହେଁ। ଦୁଇ ପରିବାରର ସମ୍ମତିରେ ବିନା ଜାକଜମକରେ ବେଦ୍ ରୋଡ ଠାରେ ଥିବା ଏକ କମ୍ୟୁନିଟି ହଲ୍‌ରେ ଆୟୋଜିତ ହୋଇଥିଲା ବିବାହ। ସେଥିରେ କନ୍ୟାପକ୍ଷରୁ ପ୍ରାୟ ୫୦ ଜଣ ଓ ବର ପକ୍ଷରୁ ପ୍ରାୟ ୧୨୫ ରୁ ୧୫୦ ଜଣ ନିମନ୍ତ୍ରିତ ଅତିଥି ଯୋଗ ଦେଇଥିଲେ। ସମସ୍ତ ଅତିଥିଙ୍କୁ ଭୋଜିରେ ଦିଆଯାଇଥିଲା ଗୋଟିଏ ଗ୍ଲାସ ପାଣି ଓ କପେ ଚା। ଏପରି ବିବାହରେ ଅତିଥି ମାନେ ମଧ୍ୟ ପୂର୍ଣ୍ଣ ସମର୍ଥନ ଜଣାଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦକ୍ଷା ଓ ଭାରତଙ୍କ ଏହି ବିବାହକୁ ପ୍ରଶଂସା କରିଛନ୍ତି। ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ସେ କହିଛନ୍ତି ମୁଁ ଚାଏ ପେ ଚର୍ଚ୍ଚା ଆରମ୍ଭ କରିଥିଲି କିନ୍ତୁ ଏହି ଚା ଏବେ ବିବାହ ମଣ୍ଡପରେ ପହଞ୍ଚି ଗଲାଣି ଜାଣି ଖୁସି ଲାଗୁଛି।

# ଲାଭଦାୟକ ୱେବ୍‌ସାଇଟ୍

ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା



ମଧ୍ୟ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍‌ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ୍ୟ ଉପଲବ୍ଧ କରେଇଥାଏ । ଏଠାରେ ଆପଣଙ୍କୁ ଭଲ ପାଉଥିବା ମାତା-ପିତା ମଧ୍ୟ ମିଳିଥାନ୍ତି । ଏହା ବ୍ୟତୀତ ଏହା ଏପରି ଏକମାତ୍ର ୱେବ୍‌ସାଇଟ୍ ଯାହା ଅନ୍ତଃବସ୍ତ୍ରକୁ ଭଡ଼ାରେ ଦେଇଥାଏ । ଯଦି ଆପଣ ଆପଣଙ୍କର ବୋରିଂନେସ୍‌କୁ ଦୂର କରିବାକୁ ଚାହୁଁଛନ୍ତି ତେବେ ଆବଶ୍ୟକ ହେଲେ ଏକ ଛୋଟ ସୁନ୍ଦର ଶିଶୁ ସହିତ ମଧ୍ୟ ସମୟ ଅତିବାହିତ କରିପାରିବେ । ଯଦି ଆପଣଙ୍କ ପାଖରେ ସମୟ ନାହିଁ କିମ୍ବା ଆପଣ ପିଲାଙ୍କ ସ୍କୁଲ ଘରପାଠ କରିବାରେ ସାହାଯ୍ୟ କରି ପାରୁନାହାନ୍ତି ତେବେ ଏହି ୱେବ୍‌ସାଇଟଟି ଆପଣଙ୍କ ପାଇଁ ଏପରି ଏକ ବ୍ୟକ୍ତି ଠିକ୍ କରିଦେବେ ଯିଏ ଆପଣଙ୍କ ପିଲାର ଘରପାଠ କରିବାରେ ମଧ୍ୟ ସାହାଯ୍ୟ କରିବ ।

## ଆଜିର ଭାଗ୍ୟ

**ମେଷ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

**ବୃଷ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**ମିଥୁନ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**କର୍କଟ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ସିଂହ** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**କନ୍ୟା** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ତୁଳା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ବିଛା** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**ଧନୁ** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ମକର** — ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**କୁମ୍ଭ** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**ମୀନ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

# ମୃତ୍ୟୁକୁ ନେଇ ଆତଙ୍କ



ଭୟଙ୍କର ଗାଁ ନାମ ଶୁଣିବା କ୍ଷଣି ମନରେ ଅନେକ ପ୍ରଶ୍ନ ଉଙ୍କି ମାରେ। କ'ଣ ପାଇଁ ଗାଁର ଏପରି ବିଚିତ୍ର ନାମ ରହିଛି ? ଏହା ପଛରେ ରହସ୍ୟ କ'ଣ ଜାଣିବାକୁ ମଧ୍ୟ ଜିଜ୍ଞାସା ଯାତ ହୋଇଥାଏ। ପଞ୍ଜାପୁରର ବଡଗାଓଁ ଭୟଙ୍କର ଗ୍ରାମ ଭାବେ ପ୍ରସିଦ୍ଧ। ଏହି ଗ୍ରାମରେ ଆଜିକୁ ୨୨ ବର୍ଷ ତଳେ ଜଣେ ବ୍ୟକ୍ତିର ମୃତୁ ଘଟିଥିଲା। ବାଶ୍ ତା' ପରେ ବିଗତ ୨୨ ବର୍ଷର ଠାରୁ ପ୍ରତି ଦଶ ଦିନ ଅନ୍ତରରେ ପ୍ରତ୍ୟେକଙ୍କ ଘରୁ ଜଣେ ଲେଖାଏଁ ସଦସ୍ୟଙ୍କର ମୃତ୍ୟୁ ହେବାରେ ଲାଗିଛି। ଗ୍ରାମବାସୀମାନେ କେବଳ ଚିନ୍ତାରେ ରହିଥାନ୍ତି ଯେ, କାହାର ମୃତ୍ୟୁ ଘଟିଲା ଏବଂ ଏବେ ଆଉ କାହାର ପାଳି ପଡିବ। ଏହାକୁ ଗ୍ରାମବାସୀଙ୍କ ଦୁର୍ଭାଗ୍ୟ କୁହାଯିବ ନା ଅନ୍ଧବିଶ୍ୱାସ ନା ଆଉ କିଛି ? ବରିଷ୍ଠ ବ୍ୟକ୍ତି, ଡାକ୍ତର ଓ ଶିକ୍ଷକ ଏସବୁ ବିଶ୍ୱାସ କରିବାକୁ ବାଧ । କିଛି ରୋଗ ନଥାଇ ଆଖି ସାମନାରେ ଭଲ ଲୋକଙ୍କର ଏଠାରେ ମୃତ୍ୟୁ ହେବାରେ ଲାଗିଛି ।




# ଧାନ ଫସଲର କୀଟ ପରିଚାଳନା



ପ୍ରସ୍ତୁତି- **ଡ଼ି ଶୁଭମ୍**
ସଂଯୋଜକ, କୃଷି ଦୁନିଆ

କୃଷି ଓଡ଼ିଶାର ଅର୍ଥନୀତିର ମାପକାଠି ରୂପେ ବିବେଚନା କରାଯାଉଥିବା ବେଳେ ଏହାର ଜଳବାୟୁ ଅନୁସାରେ ଅଧିକାଂଶ ଲୋକ ଧାନ ଚାଷ ଉପରେ ନିର୍ଭରଶୀଳ। ମୁଖ୍ୟତଃ ୭୦ ଭାଗ ଲୋକ ଚାଷବାସ ଉପରେ ନିର୍ଭର କରନ୍ତି। ଓଡ଼ିଶାର ବିଭିନ୍ନ ଋତୁରେ ବିଭିନ୍ନ ଚାଷ କରାଯାଇଥିଲେ ହେଁ ଧାନ ମୁଖ୍ୟ ଚାଷ ଅଟେ। ମୁଖ୍ୟତଃ ଖରିଫ ଋତୁର ଆରମ୍ଭରେ ଧାନ ଚାଷ କରାଯାଇଥାଏ, ପରନ୍ତୁ ଧାନ ଚାଷର କେତେକ କ୍ଷତିକାରକ କୀଟ ଏହାର ଉତ୍ପାଦନରେ ହ୍ରାସ କରାଇଥାଏ। ବର୍ତ୍ତମାନ ସମୟରେ ଧାନ ଫସଲରେ କୀଟ ପରିଚାଳନା ଏକ ମୁଖ୍ୟ ଚିନ୍ତା ଭାବେ ଉଭା ହୋଇଛି। ତେବେ ଆସନ୍ତୁ ନଜର ପକେଇବା ଧାନ ଫସଲର ପ୍ରମୁଖ କୀଟମାନଙ୍କ ଉପରେ...

**ଚକଡା ପୋକ-** ଧାନ ର ଏକ ପ୍ରମୁଖ ଉତ୍ପାଦନ ହ୍ରାସକାରୀ କୀଟ ଭାବେ ଚକଡା ପୋକ ବେଶ ଜଣାଶୁଣା। କୃଷି ବିଜ୍ଞାନରେ ଏହାକୁ 'ବ୍ରାଉନ ପ୍ଲାଣ୍ଟ ହୋପର' ବୋଲି କୁହାଯାଏ। ତେବେ ଚକଡା ପୋକ ମୁଖ୍ୟତଃ ତିନୋଟି ସ୍ତର ଦେଇ ଗତି କରିଥାଏ-ଅଣ୍ଡା-ଅର୍ଭକ-ପୂର୍ଣ୍ଣାଙ୍ଗ କୀଟ। ପୂର୍ଣ୍ଣାଙ୍ଗ କୀଟ ଦେଖିବାକୁ ମାଟିଆ ରଙ୍ଗର ସ୍ତ୍ରୀ କୀଟଟି ୫ମି.ମି ଲମ୍ବା ହୋଇଥିବା ବେଳେ ପୁରୁଷ କୀଟଟି ୪-୪.୫ ମି.ମି ଭିତରେ ଲମ୍ବାଥାଏ। ପତ୍ର ର ମଝି ଭାଗରେ ଅଣ୍ଡା ଗୁଡିକ ଦେଖାଯାଏ (୨-୧୨) ଅଣ୍ଡା ଟି ଧଳା ଓ ବଙ୍କା ଆକୃତିର ହୋଇଥାଏ। ସମ୍ପୂର୍ଣ୍ଣ ଜୀବନ ଚକ୍ର ୧୮-୨୨ ଦିନ ଭିତରେ ଶେଷ ହୋଇଥାଏ।

ଲକ୍ଷଣ- ଏହାର ପୂର୍ଣ୍ଣାଙ୍ଗ କୀଟଟି ଗଛର ତଳ ଭାଗର ରସକୁ ଶୋଷି ଶୋଷି ଖାଇଯାଇଥାଏ। ଖାଇବା ସମୟରେ ଏହା ଏକ ବିଷାକ୍ତ ପଦାର୍ଥ ନିର୍ଗତ କରିଥାଏ। ଯାହା ଫଳରେ (ହୋପର ବର୍ନ) ଲକ୍ଷଣ ଦେଖାଯାଇଥାଏ। ପତ୍ର ଗୁଡିକ ହଳଦିଆ ପଡିଯିବା ସହିତ ଗୋଲାକୃତି ଆକାରରେ ଗଛ ଶୁଖିଯାଏ। ଏହା ଯେଉଁ ଧାନ ଗଛକୁ ଆକ୍ରମଣ କରିଥାଏ, ତାହାର କାଣ୍ଡ ଭାଗ ଶୁଖିଯାଏ ଓ ଏହା ଭବିଷ୍ୟତରେ କୁଟା ହୋଇପାରେ ନାହିଁ ।

ପ୍ରତିକାର - * ଚକଡା କୀଟ ଆକ୍ରାନ୍ତ ଜମିରେ ଏକ କିସମକୁ ଦ୍ୱିତୀୟ ଥର ବ୍ୟବହାର କରନ୍ତୁ ନାହିଁ ।

* ସହନଶୀଳ କିସମ ଯଥା ଗୋଦାବରୀ, କ୍ରିଷ୍ଣାଭେନି, ଚୈତନ୍ୟ ପ୍ରଭୃତି ବ୍ୟବହାର କରିବା ଆବଶ୍ୟକ।
* ଧାନ ଜମିର ମଝି ଭାଗରେ କନ୍ଦି କରନ୍ତୁ । ଏହାଦ୍ୱାରା ଉପଯୁକ୍ତ ସୂର୍ଯ୍ୟାଲୋକ ମିଳିପାରିବା ସହ ଆର୍ଦ୍ରତା ନିୟନ୍ତ୍ରଣ ହୋଇପାରିବ।
* ଜମିରୁ ଅନାବନା ଘାସ ଉପାଡିଦିଅନ୍ତୁ ।
* ପୋକର ଗତିବିଧି ଲକ୍ଷ୍ୟ କରି କୀଟନାଶକ ବ୍ୟବହାର କରନ୍ତୁ।
* ଗଛର ତଳଭାଗକୁ କାର୍ବୋଫ୍ୟୁରାଣ ଦାନା ଏକରକୁ ୧୦ କି.ଗ୍ରା, ଏସିଫେଟ ଏକଲିଟର ପାଣିରେ ୧୫ କି.ଗ୍ରା ମିଶାଇ ୩-୪ ଥର ସ୍ପ୍ରେ କରନ୍ତୁ ।



ନଳି ପୋକ- ଏହା ଧାନ ଫସଲର କ୍ଷତିକାରକ କୀଟ ମଧ୍ୟରେ ଅନ୍ୟତମ। ଏହାର ଶୁକ ଗୁଡ଼ିକ ଫିକା ସବୁଜ ରଙ୍ଗର ଓ ସଦାବେଳେ ପତ୍ରର ନଳୀ ଭିତରେ ଅବସ୍ଥାନ କରିଥାନ୍ତି। ଏମାନେ ଫିମ୍ବରୁ ବାହାରିବା ପରେ ଧାନ ପତ୍ରର ଅଗ ଭାଗକୁ କାଟି ଛୋଟଛୋଟ ନଳୀ ତିଆରି କରନ୍ତି। ନଳୀ ଭିତରେ ରହି ପତ୍ରର ସବୁଜ କଣିକାକୁ କୋରି କୋରି ଖାଇଥାନ୍ତି। ଏହି ନଳୀ ଗୁନିକ ପାଣିରେ ସହଜରେ ଭାସି ପାରେ।

ପ୍ରତିକାର - ଏହି ପୋକ ଦାଉରୁ ରକ୍ଷା ପାଇବା ପାଇଁ କୁଇନାଲଫସ ୨୫ଇସି ୨ମିଲି ପ୍ରତି ଲିଟର ପାଣିରେ ପ୍ରୟୋଗ କରି ଜମିରେ ପ୍ରୟୋଗ କରନ୍ତୁ।

ସ୍ୱାମିଙ୍ଗ ସଁବାଳୁଆ - ଏହା ଦେଖିବାକୁ ଗାଢ଼ ସବୁଜ ରଙ୍ଗର ଶୁକ। ଏହାର ନିୟନ୍ତ୍ରଣ ପାଇଁ ଜମିରୁ ସଠିକ ଭାବେ ଜଳ ନିଷ୍କାସନ କରିବା ଆବଶ୍ୟକ।

କାହାଳିଆ ପୋକ - ଏହା ସାଧାରଣତଃ ବର୍ଷାଦିନିଆ ଉଧାନ ଫସଲରେ ଦେଖାଯାଇଥାଏ। ପିଲ ଦେଉଥିବା ଅବସ୍ଥାରେ ପିଲ ଭିତରେ ପଶି କଅଁଳିଆ ମଂଜିର ଅଗ୍ରଭାଗକୁ ଖାଇଥାନ୍ତି। ଫଳରେ ପିଲଟି କାହାଳୀ ସଦୃଶ ହୋଇ ବଢ଼ିଥାଏ। କେଣ୍ଡାର ଧାରଣ ଶକ୍ତି କମିଥାଏ।

ପ୍ରତିକାର- ସଙ୍ଗ ଆକର୍ଷକ ଯନ୍ତା ବ୍ୟବହର କରିବା ଉଚିତ୍।
-ପଟାସ ସାର ବ୍ୟବହାର କରିବା ଦରକାର।
-କାର୍ବୋସଲଫନ୍ ୨୫%ଇସି ୨ମିଲି ପ୍ରତି ଲିଟର ପାଣିରେ ଜମିରେ ସିଂଚନ କରିବା ଆବଶ୍ୟକ।

ମାଟିଆଗୁଣ୍ଡି ପୋକ - ଏହା ମାଟିଆ ଓ ବାଦାମୀ ରଙ୍ଗର ଶୋଷକ କୀଟ ଅଟେ। ବର୍ଷାଦିନିଆ ଓ ଡ଼ାଲୁଅ ଧାନରେ ଏହା ବହୁଳ କ୍ଷତି କରିଥାଏ। ଏହା ଧାନ ବୁଦା ମୂଳରେ ଜଳପତନର ଠିକ ଉପର ଭାଗରେ ରହି କାଣ୍ଡରୁ ରସ ଶୋଷି ଖାଇଥାଏ। ଏହାର ଆକ୍ରମଣରେ ପ୍ରଥମେ ପତ୍ର ଗୁଡ଼ିକ ହଳଦିଆ ପଡ଼ିଯାଏ ଓ ଶେଷରେ ଧାନଗୁଡ଼ିକ ମରିଯାଏ। ଫୁଲ ଧରିବା ସମୟରେ ଏମାନଙ୍କ ପ୍ରାଦୁର୍ଭାବ ବେଶୀ ଥାଏ।

ପ୍ରତିକାର- ସଙ୍ଗଆକର୍ଷକ ଯନ୍ତାର ବ୍ୟବହାର କରିବା
ଇମିଡ଼ାକ୍ଲୋପିଡ଼୍ ୦.୨୫ମିଲି ପ୍ରତି ଲିଟର ପାଣିରେ ପକାଇ ସିଂଚନ କରିବା।

(ସମ୍ପାଦକ-ଶ୍ୟାମଳ ସୁବର୍ଣ୍ଣ,
ବାସୁଦେବପୁର,ଭଦ୍ରକ,
ମୋ:୯୪୩୮୪୬୭୦୭୯)

# ନଡ଼ିଆ ଫସଲରେ ଗଣ୍ଡାପୋକ ଦମନ



**ଭୁବନାନନ୍ଦ ଅଧିକାରୀ**
*କୀଟ ଟିଏ କଥା ଟିଏ - ୪*

**ଜୀବନ ଚକ୍ର :**

ଗଣ୍ଡାପୋକ ବା ରାଇନୋସରସ ବିଟିଲ ଏକ ଉତ୍ତମ ପ୍ରଜନନକ୍ଷମ ଅନିଷ୍ଟକାରୀ କୀଟ, ଯାହାର ପ୍ରାଦୁର୍ଭାବ ସମସ୍ତ ଜଳବାୟୁ ଓ ପରିବେଶରେ ଦେଖାଯାଇଥାଏ। ଏହାର ଜୀବନ ବୃତ୍ତାନ୍ତ ଅଧ୍ୟନ କଲେ ଜଣାଯାଏ ଯେ ଏହି କୀଟ ଗୋବର, ଖତଗଦା, ମୃତ ଓ ବିଘଟିତ ଜୈବିକ ପଦାର୍ଥର ଧ୍ୱଂସାବଶେଷରେ ମଧ୍ୟ ନିଜର ପ୍ରଜନନ କାର୍ଯ୍ୟ କରି ବଂଶବିସ୍ତାର କରିପାରେ ଓ ହାରାହାରି ୧୭୧ ଦିନ ମଧ୍ୟରେ ଏହାର ଜୀବନଚକ୍ର ପରିସମାପ୍ତ ହୁଏ। ତନ୍ମଧ୍ୟରୁ ଅଣ୍ଡା ଅବସ୍ଥା ୧୦ ଦିନ, ଶୁକ ଅବସ୍ଥା ୧୩୦ ଦିନ ଓ କୋଷା ଅବସ୍ଥା ୨୦ ଦିନରେ ଶେଷ ହୁଏ । ପୂର୍ଣ୍ଣାଙ୍ଗ ପ୍ରାପ୍ତ କୀଟଟି କୋଷରୁ ବାହାରିବା ପରେ ୫-୨୬ ଦିନ ପର୍ଯ୍ୟନ୍ତ ବିଶ୍ରାମ କରେ ଏବଂ ତପ୍ରରେ ନଡ଼ିଆ ଗଛର ଅଗ୍ରଭାଗକୁ ଉଡ଼ି ଚାଲିଯାଏ। ଏହି କୀଟର ଅଣ୍ଡିରା ପୂର୍ଣ୍ଣାଙ୍ଗ କୀଟଟି ୧୨୦ ଦିନ ବଂଚିଥିବା ବେଳେ ମାଈ କୀଟଟି ହାରାହାରି ୧୪୨ ଦିନ ଜୀବନ ଧାରଣ କରିଥାଏ। ଫେବୃୟାରୀରୁ ଏପ୍ରିଲ ଏବଂ ସେପ୍ଟେମ୍ବରରୁ ଅକ୍ଟୋବର ମଧ୍ୟରେ ଏହି ପୋକ ସର୍ବାଧିକ ଅଣ୍ଡା ଦେଇଥାଏ।

**କ୍ଷତି :**

ପୂର୍ଣ୍ଣାଙ୍ଗପ୍ରାପ୍ତ ପୋକଟି ସାଧାରଣତଃ ନଡ଼ିଆଗଛର ବାହୁଙ୍ଗା ଏବଂ ଫୁଲକୁ ମାତ୍ରାଧିକ ଆକ୍ରମଣ କରି କ୍ଷତି ପହଞ୍ଚାଏ । ଏହି ପୋକ ଆକ୍ରମଣ ନଡ଼ିଆ ଫସଲରେ ହାରାହାରି ୧୦ ପ୍ରତିଶତ ଅମଳ ହ୍ରାସ କରେ । ୩-୧୦ ବର୍ଷ ବୟସ ଗଛ ଗୁଡ଼ିକରେ ଏହି ପୋକର ଆକ୍ରମଣ ଜନିତ କ୍ଷତି ଅଧିକ ହୋଇଥାଏ। ଆକ୍ରମିତ ବାହୁଙ୍ଗା ଗୁଡ଼ିକର ପତ୍ର କଟିଯାଇଥିବା ଲକ୍ଷ୍ୟ କରାଯାଏ। ଏହାକୁ ବୈଜ୍ଞାନିକ ଭାଷାରେ ଜିଓମେଟ୍ରିକ କଟ୍, ଫ୍ୟାନକଟ୍ ବୋଲି କୁହାଯାଏ । ସାଧାରଣତଃ ବିଶେଷ ଆକ୍ରମଣ ହୋଇ ନଥିଲେ ଗୋଟିଏରୁ ଦୁଇଟି ପତ୍ର କଟିଥାଏ । ଯଦି ଏହି ପୋକର ପ୍ରାଦୁର୍ଭାବ ମାତ୍ରାଧିକ ହୁଏ ଓ ଏହାର ଆର୍ଥିକ ଦେହଳୀ ସୀମା ଉଲ୍ଲଙ୍ଘନ କରେ, ସମସ୍ତ ପତ୍ର ଏହିଭଳି କଟିଥିବା ଲକ୍ଷ୍ୟ କରାଯାଏ। ଏହା ବ୍ୟତୀତ ସମ୍ପୂର୍ଣ୍ଣ ଖୋଲି ନଥିବା ବାହୁଙ୍ଗା ମୂଳରେ ଆୟତକାର କଣା ଦେଖାଯାଏ ଏବଂ ଏହି କଣା ପାଖରେ ପୋକ ଦ୍ୱାରା ନଷ୍ଟ ହୋଇଥିବା ବୃକ୍ଷର ତନ୍ତୁଗୁଡ଼ିକର ଅବଶିଷ୍ଟାଂଶ ଦେଖିବାକୁ ମିଳେ । ମାତ୍ରାଧିକ କ୍ଷତି ହେବା ପୂର୍ବରୁ ଏହି ପୋକର ଦମନ ନ କରାଗଲେ ନଡ଼ିଆଗଛ ଅନ୍ୟ କ୍ଷତିକାରୀ କୀଟ ଆକ୍ରମଣ ତଥା କବକଜନିତ ରୋଗ ଆକ୍ରମଣ ପାଇଁ ଉପଯୋଗୀ ହୋଇଯାଏ।

**ନିୟନ୍ତ୍ରଣ :**

ଏହି କୀଟର ନିୟନ୍ତ୍ରଣ ପାଇଁ ପ୍ରଥମେ ପରିଷ୍କାର ପରିଚ୍ଛନ୍ନ ଚାଷ ପ୍ରଣାଳୀ ଅବଲମ୍ବନ ଆବଶ୍ୟକ। ଗଛର ଆଖପାଖ ପରିଷ୍କାର ରଖିବା ସହ ଗଛରେ ଥିବା ମୃତଅଂଶ, ପଚା ଅଂଶ, ପତ୍ରଗୁଡ଼ିକୁ ସମୟାନୁସାରେ କାଟି ସଫା କରିବା ଦ୍ୱାରା ଏହି ପୋକ ଆକ୍ରମଣରୁ ରକ୍ଷା ମିଳେ । ଏହି ପୋକ ଦ୍ୱାରା ସୃଷ୍ଟି ଆୟତକାର ଗଣାରେ ସ୍ପୋକ ବା ଏକ ସରୁ ତାର ପୂରାଇ ପୂର୍ଣ୍ଣାଙ୍ଗପ୍ରାପ୍ତ ପୋକକୁ ଧରି ତାକୁ ନଷ୍ଟ କରିବା ମଧ୍ୟ ଜରୁରୀ । ନଡ଼ିଆ ବାହୁଙ୍ଗା ବାହାରିଥିବା ଗଛର ଅଂଶ ବା କନ୍ଦରେ ସେଭିଡଲ ୨୫ ଗ୍ରାମ ଓ ସରୁବାଲି ୨୦୦ ଗ୍ରାମର ମିଶ୍ରଣ ବା ଫୋରେଟ୍ ଓ ବାଲିର ମିଶ୍ରଣକୁ ପ୍ରୟୋଗ କଲେ ଏହାର ଉତ୍କଟ ଗନ୍ଧ ଦ୍ୱାରା ଏହି ପୋକଗୁଡ଼ିକ ଫସଲ ଆଡ଼କୁ ଆକର୍ଷିତ ହୁଅନ୍ତି ନାହିଁ। ଯାହାଦ୍ୱାରା ଆକ୍ରମଣଜନିତ କ୍ଷତି ହ୍ରାସପାଏ। ଜୈବିକ ଉପାୟରେ ଏହି ପୋକର ମଧ୍ୟ ନିୟନ୍ତ୍ରଣ ସମ୍ଭବପର। ଏହି କୀଟକୁ ନିୟନ୍ତ୍ରଣ କରୁଥିବା ଭୂତାଣୁ ବା ବ୍ୟାକୁଲୋ ଭାଇରସର ପ୍ରୟୋଗ ବା କୀଟ ବିନାଶକାରୀ କବକ ମେଟାରିଜିୟମ୍ ଆନିସୋପିଲେର ପଇଡ଼ପାଣି ବା ମକାଗୁଣ୍ଡ ବା କୁଣ୍ଡାରେ ବଂଶବିସ୍ତାର କରାଇ ଏହି କବକର ସ୍ପୋରକୁ ଗଛ ପାଖରେ ଥିବା ଖତଗଦାରେ କ୍ୟୁବିକ୍ ମିଟର ପ୍ରତି ୫ ଢ ୧୦୧୧ ସ୍ପୋର ପ୍ରୟୋଗ ଦ୍ୱାରା ଏହି କୀଟ ଦମନ ସମ୍ଭବପର ହୋଇଥାଏ । କେତେକ ଉପକାରୀ କୀଟ ମଧ୍ୟ ଅଛନ୍ତି ଯେଉଁମାନେ ଏହି ଗଣ୍ଡାପୋକକୁ ବିନାଶ କରିବାରେ ସାହାଯ୍ୟ କରନ୍ତି। କିନ୍ତୁ ଆମ ରାଜ୍ୟରେ ବା ପ୍ରାକୃତିକ ଅବସ୍ଥାରେ ଏହାର ପ୍ରୟୋଗ ଏତେଟା ସଫଳକାମୀ ହୋଇ ନଥାଏ । ଜୈବିକ ନିୟନ୍ତ୍ରଣର ଅନ୍ୟ ପ୍ରମୁଖ ଦିଗ ସ୍ୱରୂପ କୀଟ ନିୟନ୍ତ୍ରକ ସୂତ୍ରକୃମିର ଉତ୍ପାଦଡିଡି ୧୩୬ର ପ୍ରୟୋଗ କଲେ ଏହାର ପ୍ରଭାବରେ ଗଣ୍ଡାପୋକର ଶୁକ ବା କୋଷାଗୁଡ଼ିକର ଦମନ ସମ୍ଭବ ହୁଏ। ଏହି ସୂତ୍ରକୃମି ଜାତ ଉତ୍ପାଦର ପ୍ରୟୋଗ ଦ୍ୱାରା ୬୦-୧୦୦ ପ୍ରତିଶତ କୀଟ ଦମନର ନଜିର ରହିଛି। ଏତଦ୍ ଭିନ୍ନ କ୍ଷତିକାରୀ ଗଣ୍ଡାପୋକର ସଂଘ ଆକର୍ଷକ ଯନ୍ତା ବସାଇ (୫ ଏକରକୁ ୧ଟି ଯନ୍ତା ବସାଇବାର ୬୦ ଦିନ ପରେ ଆକ୍ରମଣ ଜନିତ କ୍ଷତିକୁ ୮୦ ପ୍ରତିଶତ କମାଇ ଦିଆଯାଇପାରେ। ଏହିସବୁ ଅଣରାସାୟନିକ ନିୟନ୍ତ୍ରଣ ବ୍ୟତୀତ ସମୟାନୁସାରେ ଗଛ ନିକଟରେ ଥିବା ଖତଗଦା ବା କମ୍ପୋଷ୍ଟ ପିଟରେ ବାର୍କାରିଲ ୫୦ ପ୍ରତିଶତ ଗୁଣ୍ଡ ଲିଟର ପ୍ରତି ୩ ଗ୍ରାମ ଦ୍ରବଣକୁ ସିଞ୍ଚନ କଲେ ଏହି କୀଟ ଆକ୍ରମଣରୁ ରକ୍ଷା ମିଳେ।

ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଯେ ଚାଷୀଭିମାନେ ନିଜେ ନିଜ ଫସଲ ସମସ୍ୟା ପାଇଁ ସମାଧାନ ଉପାୟ ନ ଭାବି ପାଖରେ ଥିବା କୃଷି ବିଜ୍ଞାନ କେନ୍ଦ୍ର ବା କୃଷି ଅନୁସନ୍ଧାନ ଓ ବୈଷୟିକ ଜ୍ଞାନକୌଶଳ କେନ୍ଦ୍ର, କୃଷି ଅଧିକାରୀଙ୍କ କାର୍ଯ୍ୟାଳୟ ବା ଓଡ଼ିଶା କୃଷି ବୈଷୟିକ ବିଶ୍ୱବିଦ୍ୟାଳୟର ବିଶେଷଜ୍ଞଙ୍କ ସହିତ ପରାମର୍ଶ କରି ପରିଚାଳନା କଲେ ସେମାନେ ଫସଲ ସବସ୍ୟା ଦୂର କରିବା ସହ ନିଜର ଜ୍ଞାନ ପରିସର ମଧ୍ୟ ବଢ଼ାଇ ପାରିବେ।

ମୋ- ୯୫୮୩୨୮୫୪୯୯

# କପା ଫସଲରେ ପୋକ ପରିଚାଳନାରେ ଉପକାରୀ କୀଟର ଭୂମିକା

**ଦୀପାୟନ ପାତ୍ରୀ**

*କପା ଏକ ମୁଖ୍ୟ ଅର୍ଥକାରୀ ଫସଲ । ଏହାର ଆବଶ୍ୟକତା ଏବଂ ଉତ୍ପାଦନ କ୍ଷମତାକୁ ଆଖି ଆଗରେ ରଖି ଏହାକୁ 'ଧଳା ସୁନା' ମଧ୍ୟ କୁହାଯାଏ । କିନ୍ତୁ ବର୍ତ୍ତମାନ ପରିସ୍ଥିତିରେ ଏହି ଫସଲର ବିଭିନ୍ନ ପ୍ରକାରର ଅପକାରୀ ପୋକର ପ୍ରାଦୁର୍ଭାବ ବଢ଼ି ଚାଲିଛି ଯଥା ବିଭିନ୍ନ ପ୍ରକାରର ଶୋଷକ ପୋକ, ପତ୍ରଖିଆ ପୋକ ଏବଂ ଫଳବିନ୍ଧା ପୋକ । ପ୍ରଥମେ ପ୍ରଥମେ ଏହି ପୋକମାନଙ୍କ ନିରାକରଣ ପାଇଁ ରାସାୟନିକ କୀଟନାଶକ ବ୍ୟବହାର କରିବା ଦ୍ୱାରା ପୋକର ପ୍ରାଦୁର୍ଭାବକୁ କମାଯାଇ ପାରୁଥିଲା । କିନ୍ତୁ ବର୍ତ୍ତମାନର ପରିସ୍ଥିତି ଅଲଗା । ବର୍ତ୍ତମାନ ପରିସ୍ଥିତିରେ ଏହି ଫସଲକୁ ଆକ୍ରମଣ କରୁଥିବା ପୋର ନିୟନ୍ତ୍ରଣ ନିମନ୍ତେ ସବୁଦାୟ ଫସଲରେ ବ୍ୟବହୃତ ରାସାୟନିକ କୀଟନାଶକର ଶତକଡ଼ା ୫୦ ଭାଗ କେବଳ କପା ଫସଲରେ ପ୍ରୟୋଗ କରାଯାଏ । ଏହା ଯୋଗୁଁ ପରିବେଶ ପ୍ରଦୂଷଣ ସହିତ ପୋକ ମାନଙ୍କର ସହନଶକ୍ତି ବଢ଼ି, ଏହା ନୂଆ ସମସ୍ୟା ସୃଷ୍ଟି କରେ । ଏଠାରେ ଏହା କୁହାଯାଇପାରେକି, ଆମେ ପୋକ ନିୟନ୍ତ୍ରଣ ପାଇଁ କେବଳ ରାସାୟନିକ ପଦ୍ଧତି ଉପରେ ନିର୍ଭର କରିପାରିବା ନାହିଁ ।*

*ଏହି କାରଣ ଯୋଗୁଁ ସମନ୍ୱିତ କୀଟ ପରିଚାଳନାର ସୃଷ୍ଟି । ଜୈବିକ ନିୟନ୍ତ୍ରଣ ପଦ୍ଧତି, ସମାନ୍ୱିତ କୀଟ ପରିଚାଳନା ବ୍ୟବସ୍ଥାର ଏକ ଅବଚ୍ଛେଦ୍ୟ ଅଙ୍ଗ । ଫସଲ ପରିବେଶରେ ଅପକାରୀ କୀଟ ସହିତ ଉପକାରୀ କୀଟ ପରାଶ୍ରୟୀର ଉପଯୁକ୍ତ ସଂରକ୍ଷଣ, ବଂଶବୃଦ୍ଧି ଏବଂ ଆବଶ୍ୟକ ଅନୁଯାୟୀ ପ୍ରୟୋଗ ଦ୍ୱାରା ଅନିଷ୍ଟକାରୀ କୀଟ ମାନଙ୍କର ଆଶାତୀତ ବୃଦ୍ଧିରେ ବାଧା ଉପୁଜେ । ଜୈବ ନିୟନ୍ତ୍ରଣ ଏକ ମିତବ୍ୟୟୀ, ଯୁକ୍ତିଯୁକ୍ତ ଓ ଦୀର୍ଘସ୍ଥାୟୀ କୀଟ ନିୟନ୍ତ୍ରଣ ପଦ୍ଧତି ହେଇଥିବାରୁ ଅତ୍ୟଧିକ କୀଟନାଶକ ପ୍ରୟୋଗର ଆବଶ୍ୟକତା ପଡ଼ି ନଥାଏ ।*

*ଏହି ବିଷୟବସ୍ତୁରେ କପା ଫସଲରେ ଦେଖାଯାଉଥିବା କେତେକ ମୁଖ୍ୟ ପରଭୋଜୀ କୀଟ ଏବଂ ପରାଶ୍ରୟୀ କୀଟ ସମ୍ବନ୍ଧରେ ବର୍ଣ୍ଣନା କରାଯାଇଛି ।*

ପରଭୋଜୀ କୀଟ :

**ଇନ୍ଦ୍ରଗୋପୀ ଭୃଙ୍ଗ (Lady bird beetle):**

ଏହାର ଅନ୍ୟ ନାମ କାନ୍ଦୁଲ ଫାଳିଆ ପୋକା ପୂର୍ଣ୍ଣାଙ୍ଗ କୀଟଟି ଦେଖିବାକୁ ଗୋଲାକାର, ଲାଲ, କମଳା ଓ ନାରଙ୍ଗି ରଙ୍ଗର ହୋଇଥାନ୍ତି । କିନ୍ତୁ ଭୃଙ୍ଗ ଗୁଡ଼ିକଲମ୍ବାଳିଆ ଏବଂ ପଛଭଗତି ତିନିକୋଣିଆ । ଏହି ପୋକଟି ଅଣ୍ଡାରୁ ପୂର୍ଣ୍ଣାଙ୍ଗ ଅବସ୍ଥାରେ ପରିଣତ ହେବା ପାଇଁ ପାଖାପାଖି ୨ ରୁ ୩ ସପ୍ତାହ ଆବଶ୍ୟକ କରିଥାଏ । ଏହି ପୋକ ଗୁଡ଼ା ଜଉପୋକ ମେଳନୀ ସ୍ଥାନରେ ଧାଡ଼ିରେ ୧୫୦ରୁ ୨୦୦ଟି ଅଣ୍ଡା ଦିଅନ୍ତି ।

ଏହାର ସୁକ ପୋକଟିକୁ ଠିକ୍ ଭାବରେ ନଚିହ୍ନି ପାରିବା ଦ୍ୱାରା ବେଳେବେଳେ ଏହାକୁ ଲୋକେ ଭୁଲରେ ପରଭୋଜୀ ଭାବିନିଅନ୍ତି । ଦିନବେଳେ ଏହି ଭୃଙ୍ଗ ସବୁ ବିଶେଷ ଭାବରେ ସକ୍ରିୟ ହୋଇଥାନ୍ତି । ଏହି କୀଟ ବିଶେଷ ଭାବରେ ଶୋଷକ ପୋକଙ୍କୁ ଖାଏ । ଯଥା- ଜଉପୋକ, ପତ୍ରଡିଆଁ ପୋକ, ଧଳା ମାଛିର ଅର୍ଭକ, ପାତ୍ର ଉକୁଣି ଇତ୍ୟାଦି। ସୁକ ଅବସ୍ଥାରେ ଏମାନେ ଅଧିକ ପୋକ ଖାଇନିଅନ୍ତି (ହାରାହାରି ୪୫ଟି ପୋକ/ଦିନ)

**ବୁଢ଼ିଆଣୀ :**

କପା ଫସଲରେ ସାଧାରଣତ ଦୁଇ ପ୍ରକାରର ପରଭୋଜୀ ବୁଢ଼ିଆଣୀ ଦେଖାଯାନ୍ତି । କିଛି ଅପକାରୀ କୀଟକୁ ସିଧାସଳଖ ଖାଇନିଅନ୍ତି, ତ କିଛିଜାଲ ତିଆରି କରି ଜାଲରେ ପଡ଼ିବା କୀଟମାନଙ୍କୁ ଖାଇ ନିଅନ୍ତି । କପା ଫସଲରେ ବିଭିନ୍ନ ପ୍ରକାରର ବୁଢ଼ିଆଣୀ ଯଥା- ଲମ୍ବା ଦାନ୍ତିଆ ବୁଢ଼ିଆଣୀ, ବାଘୁଆ ବୁଢ଼ିଆଣୀ, ପତ୍ରଡ଼ିଆଁ ବୁଢ଼ିଆଣୀ ଇତ୍ୟାଦି ଦେଖାଯାନ୍ତି । ଏମାନେ ଶୋଷକ ପୋକର ଅର୍ଭକ ତଥା ପତ୍ରଖିଆ ଏବଂ ଫଳବିନ୍ଧା ପୋକମାନଙ୍କର ଶୁକକୁ ଭକ୍ଷଣ କରନ୍ତି ।

**ସିରଫିଡ଼ ମାଛି :**

ବଡ଼ ବା ପୂର୍ଣ୍ଣାଙ୍ଗ ମାଛି ଫୁଲର ମଧୁ ବା ପରାଗରେଣୁ ଖାଇ ବଂଚିଥାଏ । ମାଈ ପୂର୍ଣ୍ଣାଙ୍ଗ ମାଛି ଜଉପୋକ ଦଳରେ ଅଣ୍ଡା ଦେଇଥାଏ। ଅଣ୍ଡାରୁ ଶୂକ (ଗୋଡ଼ ବିହିନ ଏବଂ ମୁଣ୍ଡ ସରୁ ଓ ପଛ ଭାଗଟି ଓସାରିଆ) ହେବା ପାଇଁ ଏହା ୩ ରୁ ୪ ଦିନ ନେଇଥାଏ । ପୂର୍ଣ୍ଣାଙ୍ଗ ମାଛିର ପେଟ ପାଖରେ ହଳଦିଆ ଏବଂ କଳା ରଙ୍ଗର ଦାଗ ଥାଏ । ସାଧାରଣତ ମାଛି ଶୂକଟି ଯଉପୋକର ଅର୍ଭକର ରସ ଶୋଷି କେବଳ ଖୋଳପାକୁ ଛାଡ଼ି ଦିଅନ୍ତି । ଏହାର ଶୂକ ପୋକଟି ଦିନକୁ ହାରାହାରି ୫୭ଟି ଜଉପୋକ ଖାଇଥାଏ ।

**କ୍ରାଇସୋପେର୍ଲା :**

ଏହାକୁ ଜଉପୋକର ଖାଦକ ବୋଲି ମଧ୍ୟ କୁହାଯାଏ। ପୂର୍ଣ୍ଣାଙ୍ଗ ମାଈ ପୋକଟି ରେଶମ ସୂତାରେ ଗୋଟି ଗୋଟି କରି ଅଣ୍ଡା ଦିଏ । ମୁଖ୍ୟତଃ ଶୁକ ଗୁଡ଼ିକ ଜଉପୋକ ଅର୍ଭକ ଖାଇଥାନ୍ତି । ଶୁକ କୀଟର ଦା ଆକାରର ଦୁଇଟି ଦାନ୍ତ ଥାଏ । ଯାହାଦ୍ୱାରା ଏମାନେ କୀଟ ଶରୀରରୁ ରସ ଶୋଷଣ କରିନିଅନ୍ତି । ଜଉପୋକ ବ୍ୟତୀତ ଏମାନେ ଅନ୍ୟ ନରମ ଶରୀର ବିଶିଷ୍ଟ କ୍ଷୁଦ୍ର କୀଟମାନଙ୍କର ନିୟନ୍ତ୍ରଣରେ ସହାୟକ ହୋଇଥାନ୍ତି ଏହା ଦିନକୁ ହାରାହାରି ୪୬ ଜଉପୋକ ଖାଇଥାଏ ।

**ଶିକାରୀ ଝିଣ୍ଟିକା :**

ଏହା ଏକ ସର୍ବକୀଟଭୋଜୀ ପୋକ । ଏହା ସବୁ ପ୍ରକାର ଫସଲରେ ଦେଖାଯାଏ । ଏହାର ଆଗ ଗୋଡ଼ ଦୁଇଟି ଟାଣ, କଣ୍ଟା କଣ୍ଟା ଓ ଶିକାର ଧରିବାରେ ସହାୟକ ହୋଇଥାଏ । ଏହାର ମୁଣ୍ଡଟି ଚାରି ଦିଗକୁ ଘୁରିପାରେ। ଏହାର ମାଇ ପୋକଟି ଏକ ଟାଣ ଆବରଣ ମଧ୍ୟରେ ଅଣ୍ଡା ଦେଇଥାଏ । ଏଥିରେ ଅର୍ଭକ ଓ ପୂର୍ଣ୍ଣାଙ୍ଗ କୀଟ ଅନ୍ୟ କୀଟ ମାନଙ୍କୁ ଖାଇଥାନ୍ତି । ଏହି ଉପକାରୀ ପୋକଟି ଗୋଟିଏ ଦିନରେ ହାରାହାରି ୪ଟି ଶୂକ ପୋକ ଖାଇପାରେ ।

**ରେଡ୍ଡୁଭିଡ଼ ବଗ ବା ହତ୍ୟାକାରୀ ପୋକ :**

ହତ୍ୟାକରୀ ପୋକ ଏକ ବିଶେଷ ଧରଣର ଉପକାରୀ କୀଟ । ଏହା ନିଜ ଠାରୁ ଭାରି ଓ ବଡ଼ ଆକାରର କୀଟ ମାନଙ୍କୁ ଶିକାର କରିଥାନ୍ତି । ଏହି ହତ୍ୟାକାରୀ କୀଟ ମୁଖ୍ୟତଃ ଶୂକ ପୋକ, ଜଉପୋକ ଓ ଅନ୍ୟ ପୋକମାନଙ୍କର ଅଣ୍ଡା ଖାଏ । ଏହା ନିଜର ଶୁଣ୍ଢ ଦ୍ୱାରା ଶିକାର ଶରୀର ମଧ୍ୟରେ ଏକ ବିଷାକ୍ତ ପଦାର୍ଥ ଛାଡ଼ିଥାଏ । ତଦ୍ୱାରା ଶିକାର ପୋକଟି ନିସ୍ତେଜ ହୋଇଥାଏ, ଯାହାକି ଶିକାରୀ ପୋକକୁ ଶିକାର ଠାରୁ ରସ ଶୋଷିବାରେ ସହାୟକ ହୋଇଥାଏ । ଏହା ଦିନକୁ ହାରାହାରି ୬ଟି ଶୂକପୋକକୁ ଶିକାର କରେ ।



ପେଣ୍ଟାଟୋମିଡ଼ (ପଞ୍ଚକୋଣୀ)

**ବଗ ବା ଢ଼ାଲ ବଗ :**

ଏହାର ମାଇ ପୋକଟି ପତ୍ରର ଉପରି ଭାଗରେ ଉଜ୍ଜ୍ୱଳ ଧାତୁ ରଙ୍ଗର ଅଣ୍ଡା ଧାଡ଼ିରେ ଦେଇଥାନ୍ତି । ଏହିପୋକ ଗୁଡ଼ିକ ନିଜ ଲମ୍ବା ଶୁଣ୍ଢ ଦ୍ୱାରା ରସ ଶୋଷି ନିଜ ଆକାର ଠାରୁ ବଡ଼ କୀଟମାନଙ୍କୁ ଖାଇ ପାରନ୍ତି । ଏମାନେ ଗୋଟିଏ ଦିନରେ ହାରାହାରି ୫ଟି ଶୂକକୁ ଶିକାର କରିପାରନ୍ତି ।

କାରାବିଡ଼ ଭୃଙ୍ଗ ବା ଗ୍ରାଉଣ୍ଡ ବିଟିଲ :ଗ୍ରାଉଣ୍ଡ ବିଟିଲର ଉଭୟ



ପୂର୍ଣ୍ଣାଙ୍ଗ ଅବସ୍ଥା, ଶୂକ କଳାରଙ୍ଗର । ଏହାର ଉଭୟ ପୂର୍ଣ୍ଣାଙ୍ଗ ଏବଂ ଶୂକ ଅବସ୍ଥାରେ ଶିକାର କରନ୍ତି । ଏହାର ପୂର୍ଣ୍ଣାଙ୍ଗ ଅବସ୍ଥାରେ ମୁହଁରେ ଦା ଆକୃତିର ଦାନ୍ତ ଥାଏ । ଗୋଟିଏ ପୋକ ଦିନରେ ହାରାହାରି ୫ଟି ଶୂକ ପୋକ ଖାଇଥାଏ ।

**ଶିକାରୀ ବିରୁଡ଼ି :**

ଏମାନେ ଘରର କାନ୍ଥ କୋଣରେ ମାଟି ଘର ତିଆରି କରିଥାଏ । ପୂର୍ଣ୍ଣାଙ୍ଗ ବିରୁଡ଼ି ବିଭିନ୍ନ ପ୍ରକାରର ଶୂକ ଗୁଡ଼ିକୁ ବୋହିଆଣି, ସେମାନଙ୍କୁ ନିସ୍ତେଜ କରି ଏହାର ଛୁଆ ଗୁଡ଼ିକୁ ଖାଇବାକୁ ଦେଇଥାନ୍ତି । ଏମାନେ ନିଜ ନାହୁଡ଼କୁ ଅନ୍ୟ କୀଟମାନଙ୍କୁ ଭୟଭୀତ କରିବାରେ ବ୍ୟବହାର କରନ୍ତି ।

**ଧବନ ଭୃଙ୍ଗ :**

ଏହା ଏକ ଉଜ୍ଜ୍ୱଳ ଲାଲ ରଙ୍ଗର ଟାଣ ଶରୀର ଥିବା ପୋକ । ଏହାକୁ ମୁଖ୍ୟତଃ ଗୋଟି ପୋକ ଏବଂ ଆମେରିକୀୟ ବକରା ବିନ୍ଧା ପୋକର ଶୁକ ନିୟନ୍ତ୍ରଣରେ ବ୍ୟବହାର କରାଯାଏ ।

**ପରାଶ୍ରୟୀ କୀଟ :**

**ଟ୍ରାଇକୋଗ୍ରାମ :**

ଏହା ଏକ ଅଣ୍ଡା ପରାଶ୍ରୟୀ କୀଟ । ପୂର୍ଣ୍ଣାଙ୍ଗ ମାଈ କୀଟଟି ମୋଥ ବା ପ୍ରଜାପତି ଜାତୀୟ କୀଟମାନଙ୍କ ଅଣ୍ଡା ମଧ୍ୟରେ ଅଣ୍ଡା ଦେଇଥାଏ । ଟ୍ରାଇକୋଗ୍ରାମା ଅଣ୍ଡାର ଛୁଆ ଶିକାର କୀଟର ଅଣ୍ଡାକୁ ନଷ୍ଟ କରି ଏଥିରୁ ପୁଣିଟ୍ରାଇକୋଗ୍ରାମା କୀଟ ବାହାରିଥାଏ । ଏହାକୁ କପା ଫସଲରେ ବକରା ବିନ୍ଧା କୀଟ, ପତ୍ରଖିଆ ଘୋଡ଼ାପୋକ ଓ କାହାଳୀ ପୋକ ଇତ୍ୟାଦିର ନିୟନ୍ତ୍ରଣ ପାଇଁ ବ୍ୟବହାର କରାଯାଏ । ଏହି କୀଟକୁ ଗବେଷଣାଗାରରେ ବୃଦ୍ଧି କରାଯାଇ ଟ୍ରାଇକୋକାର୍ଡ଼ ଭାବରେ ବିକ୍ରି କରାଯାଇ ପାରିବ । ଗୋଟିଏ ଟ୍ରାଇକୋକାର୍ଡ଼ରେ ପାଖାପାଖି ୨୦,୦୦୦ କୀଟ ଥାଏ । ୬୦,୦୦୦ ଟ୍ରାଇକୋଗ୍ରାମା କୀଟ ଏକରକୁ ପ୍ରତି ସପ୍ତାହ ଅନ୍ତରରେ ୪/୬ ଥର ଛଡ଼ାଯାଏ।

**କୋଟେସିଆ:**

ଏହା ଏକ ଶୁକ ପରାଶ୍ରୟୀ କୀଟ । ଅଣ୍ଡାରୁ ଫୁଟିବା ପରେ ଛୁଆ ଗୁଡ଼ିକ ଶୁକ ପୋକ ଶରୀରର ଅଭ୍ୟନ୍ତରୀୟ ତନ୍ତୁ ଗୁଡ଼ିକୁ ଖାଇ ଯାଆନ୍ତି । ଏମାନେ କପା ଫସଲରେ ଫଳବିନ୍ଧା ପୋକ, ପତ୍ରଖିଆ ଗୋଟି ପୋକ ଇତ୍ୟାଦିର ଶୁକରେ ଅଣ୍ଡା ଦେଇ ଏହାର ନିୟନ୍ତ୍ରଣ କରନ୍ତି।

ସହ ପ୍ରାଧ୍ୟାପକ, କୀଟତତ୍ତ୍ୱ
ବିଭାଗ,
ଏମ୍.ଏସ୍. ସ୍ୱାମୀନାଥନ କୃଷି
ବିଶ୍ୱ ବିଦ୍ୟାଳୟ,
ପାରଳାଖେମୁଣ୍ଡି
ମୋ- ୮୨୮୦୦୨୮୧୬୬




# ଭ୍ରାନ୍ତିହୀନ କ୍ରାନ୍ତିକାରୀ ପ୍ରାଣନାଥ

ମାନବ ସମାଜର ଅଗ୍ରଗତି ପଥରେ ଯେଉଁସବୁ ପ୍ରତିବନ୍ଧକ ରହିଛି ତାକୁ ହଟାଇ ସ୍ଥିତାବସ୍ଥା ବଦଳରେ ନୂତନ ପ୍ରଗତିଶୀଳ ବ୍ୟବସ୍ଥାକୁ ଯିବାର ନାମ କ୍ରାନ୍ତି । ସ୍ୱର୍ଗୀୟ ପ୍ରାଣନାଥ ପଟ୍ଟନାୟକ ଥିଲେ ଏହି କ୍ରାନ୍ତି ପଥର ଯାତ୍ରୀ । ତେଣୁ ସେ ଥିଲେ କ୍ରାନ୍ତିକାରୀ । ଅତି ସରଳ ଭାବରେ ବୁଝିବାକୁ ଗଲେ ସେ ଥିଲେ ଜଣେ ଉତ୍ସର୍ଗୀକୃତ ସଂଗ୍ରାମୀ, ସମାଜ ସଂସ୍କାରକ, ବାମପନ୍ଥୀ ଚିନ୍ତାଧାରାର ପ୍ରବକ୍ତା, ପ୍ରଗତିବାଦର ଜନନେତା, ଶିକ୍ଷାର ପ୍ରସାରରେ ଅଗ୍ରଣୀ, ଆସନ୍ତାକାଲିର ସାହିତ୍ୟ ଲେଖକ।ଗୋଟିଏ ସମ୍ଭ୍ରାନ୍ତ ବଂଶରେ ଜନ୍ମଲାଭ କରି ଉଚ୍ଚଶିକ୍ଷା ଲାଭ କରିଥିବା ଯୁବକ ପ୍ରାଣନାଥ ପଟ୍ଟନାୟକ ଉଚ୍ଚ ଚାକିରିର ମୋହ ତ୍ୟାଗ କରି ଐତିହାସିକ ଆବଶ୍ୟକତାର ଆହ୍ୱାନକୁ ସ୍ୱାଗତ ଜଣାଇ ଏବଂ ଗାନ୍ଧି, ଗୋପବନ୍ଧୁଙ୍କୁ ନିଜ ଜୀବନର ଆଦର୍ଶ ରୂପେ ଗ୍ରହଣ କରିନେଇ ଜାତୀୟ ମୁକ୍ତି ଆନ୍ଦୋଳନକୁ ଲମ୍ଫ ଦେଇଥିଲେ । ଜୀବନର ଶେଷ ସମୟ ପର୍ଯ୍ୟନ୍ତ ସେ ଥିଲେ କ୍ରାନ୍ତିକାରୀ ଓ କ୍ରାନ୍ତିପଥର ପଥିକ । ୧୯୩୬ରେ ଓଡ଼ିଶାରେ କୃଷକ ସଙ୍ଗଠନ ଗଠିତ ହେଲା । ପ୍ରାଣନାଥ ପଟ୍ଟନାୟକ ସେହି ସଙ୍ଗଠନର ମୁଖ୍ୟ କର୍ତ୍ତା ଭାବେ ରହିଥିଲେ । ଦୀର୍ଘବର୍ଷ ଧରି ରାଜ୍ୟ କୃଷକ ସଭାର ସେ ସଭାପତି ରହି କୃଷକ ଆନ୍ଦୋଳନକୁ ନେତୃତ୍ୱ ଦେଉଥିଲେ । ମାର୍କ୍ସବାଦର ବୈଜ୍ଞାନିକ ସାମ୍ୟବାଦ ତତ୍ତ୍ୱରେ ଉଦ୍‌ବୁଦ୍ଧ ହୋଇ କଲିକତାରେ କମ୍ୟୁନିଷ୍ଟ ପାର୍ଟି ଗଠିତ ହେଲା । ଭଗବତୀ ଚରଣ ପାଣିଗ୍ରାହୀ ଏହାର ସମ୍ପାଦକ ରହିଥିଲେ । ତେଣୁ ଓଡ଼ିଶାରେ କମ୍ୟୁନିଷ୍ଟ ପାର୍ଟିର ସେ ଥିଲେ ଅନ୍ୟତମ ସ୍ରଷ୍ଟା ।

# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

## ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୁରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୂମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡ଼ା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋତ୍ସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୂରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରେନ୍‌ରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧ୍ୟାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'ୀ ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରେନ୍‌ରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧ୍ୟାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧ୍ୟାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଲାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

## ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଉର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

## ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ୍)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟେ ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'।ଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡ଼ିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


## DISPLAY CLASSIFIED

**FOR ADVERTISEMENT CONTACT**
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

**TARIFF:**
10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

**VED BHAWAN**
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

**ADMISSION ON**
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Phagun Communication

Mahaditya Publication

**ADMISSION ON**
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଅନ୍ତର୍ନିହିତ ତତ୍ତ୍ୱରେ ପାର୍ବଣ



ଡାକ୍ତର ପ୍ରଫୁଲ୍ଲ କୁମାର ଦାସ

ମାନବ ନିଜର ଶାନ୍ତି ପାଇଁ ତଥା ସତ୍ ଉପାୟରେ ଟିକିଏ ଆନନ୍ଦ ପାଇଁ ତିଥି-ବାରକୁ ନେଇ ପାଳନ କରେ ଅନେକ ପର୍ବପର୍ବାଣି । ବର୍ଷର ଗୋଟିଏ ନିର୍ଦ୍ଦିଷ୍ଟ ସମୟରେ ପାଳିତ ହୁଏ ନିର୍ଦ୍ଦିଷ୍ଟପର୍ବ । ସେହିପରି ଦୁର୍ଗାପୂଜାର ତିଥି । କେଉଁ ପ୍ରାଚୀନକାଳରୁ ଅନୁଷ୍ଠିତ ହୋଇଆସୁଛି ଦୁର୍ଗାପୂଜା । ଦୁର୍ଗାପୂଜା କେତେକ ସ୍ଥାନରେ ୧୬ଦିନ ଧରି ପାଳିତ ହେଉଥିବାବେଳେ କେତେକ ସ୍ଥାନରେ ଷଷ୍ଠୀଠାରୁ ଦଶମୀ ପର୍ଯ୍ୟନ୍ତ ପା ଦିନ ବ୍ୟାପୀ ପାଳିତହୁଏ । ଏହି ପା ଦିନିଆପୂଜାରେ ବହୁ ବିଧି ଓ ନୀତିନିୟମ ଥିଲେ ହେଁ ସବୁରି ଭିତରେ ରହିଛି ଗୋଟିଏ ତାତ୍ତ୍ୱିକ ଓ ଗୂଢ଼ ରହସ୍ୟ । ସେ ସବୁକୁ ଗୋଟିଗୋଟିକରି ଆଲୋଚନା କରାଗଲେ ଏହି ସ୍ପଷ୍ଟୀକରଣ ମିଳିବ ଯେ ଦୁର୍ଗାପୂଜା ମାତୃଜାତିର ପୂଜା । ପ୍ରକୃତିରପୂଜା । ଦୁର୍ଗାଙ୍କ ନିକଟରେ ଥିବା ପାର୍ଶ୍ୱ ଦେବଦେବୀବୃନ୍ଦ ଆଉ କେହି ନୁହନ୍ତି; ସମସ୍ତେ ପ୍ରକୃତିର ଗୋଟିଏ ଗୋଟିଏ ଅଂଶ ।

ପ୍ରଥମେ ଷଷ୍ଠୀର ତିଥିର ବୋଧନକୁ ଲକ୍ଷ୍ୟକରାଯାଉ । ପନ୍ଦରଟି ତିଥିକୁ ପାଞ୍ଚ ପାଞ୍ଚ କରି ୩ଭାଗ କରାଯାଏ । ଯଥା ନନ୍ଦା, ଭଦ୍ରା, ଜୟା, ରିକ୍ତା ଓ ପୂର୍ଣ୍ଣା । ଚେତନାରେ ତିନୋଟି ଭୂମିରେ ଏହି ମାନେ ହେଲେ ତିନୋଟି ପଞ୍ଚକ । ପ୍ରଥମ ଭୂମିରେ ଆମ୍ଭମାନଙ୍କର ଆତ୍ମ ଚୈତନ୍ୟଥାଏ । ଏହା ଜାଗ୍ରତ ଅବସ୍ଥାରେ ନଥାଏ କିନ୍ତୁ ଶକ୍ତି ଜାଗିଥାଆନ୍ତି ଏବଂ ତିଥି ବାର କର୍ମ ଠିକ୍ ଭାବରେ ଚାଲିଥାଏ । ଏ ସମସ୍ତ କାର୍ଯ୍ୟ ଆମ ଅଗୋଚରରେ ହୋଇଥାଏ । ଯେପରି ଏହା ଶୈଶବ ଅବସ୍ଥା । ଦ୍ୱିତୀୟ ଅବସ୍ଥାରେ ଆମର ଆତ୍ମଚୈତନ୍ୟ ଜାଗ୍ରତ ହୁଏ । ସାଧନା ସେହିଠାରୁ ଆରମ୍ଭ ହୁଏ । ଯେତେବେଳେ ବୋଧନ ହେବା ଉଚିତ୍ । ଷଷ୍ଠୀ ତିଥି ନନ୍ଦା । ଦେବୀ ନନ୍ଦା ବା ଆନନ୍ଦମୟୀ ସେତେବେଳେ ବାଳିକା । ଭଦ୍ରା ତିଥିରେ ସେ ସୁମଙ୍ଗଳା, କୈଶୋରୀ । ଜୟା ତିଥିରେ ତାଙ୍କର ଶକ୍ତିରୂପର ପ୍ରକାଶ । ସେ ତରୁଣୀ । ରିକ୍ତାରେ ସେ ଯୋଗିନୀ । ପୂର୍ଣ୍ଣାରେ ସେ ସମର୍ଥା ଯୁବତୀ । ଷଷ୍ଠୀଠାରୁ ଦଶମୀ ପର୍ଯ୍ୟନ୍ତ ତାଙ୍କର ଆରାଧନା ଏହିଭାବ ଧରି କରାଯାଏ । ବିଲ୍ୱମୂଳରେ ବୋଧନ କାହିଁକି କରାଯାଏ !

ଶାସ୍ତ୍ରରେ କେତେଗୁଡ଼ିଏ ଦିବ୍ୟ ବୃକ୍ଷର ପ୍ରମାଣ ରହିଛି । ପୁରୁଷଙ୍କ ନିମିତ୍ତ ସେହି ବୃକ୍ଷକୁ ବ୍ରହ୍ମବୃକ୍ଷ ଓ ପ୍ରକୃତି ବା ଶକ୍ତି ନିମିତ୍ତ ସେହି ବୃକ୍ଷକୁ କୁଳବୃକ୍ଷ ବୋଲି କୁହାଯାଏ । କିନ୍ତୁ ବିଲ୍ୱକୁ ଉଭୟ ବ୍ରହ୍ମବୃକ୍ଷ ଓ କୁଳବୃକ୍ଷ ବୋଲି କୁହାଯାଏ । ବାସ୍ତବରେ ଦେବୀଙ୍କର ମୃଣ୍ମୟୀ ମୂର୍ତ୍ତିର ପୂଜାର୍ଚ୍ଚନା ଯେମିତି ଭାବଗର୍ଭକ ସେହିପରି ମନ୍ତ୍ର ମୂର୍ତ୍ତିର ଜ୍ଞାନ ମଧ୍ୟ ଜରୁରୀ । ଦେବୀଙ୍କର ଯେଉଁ ମନ୍ତ୍ରମୂର୍ତ୍ତି ତାହା ଊର୍ଦ୍ଧ୍ୱ ତ୍ରିକୋଣ ଓ ଅଧଃ ତ୍ରିକୋଣ ଦୁଇଟିର ସମନ୍ୱୟରେ ଗଠିତ ହୁଏ । ମୁଖମଣ୍ଡଳରୁ ତୃତୀୟନୟନକୁ ମୋଟ ଊର୍ଦ୍ଧ୍ୱବିନ୍ଦୁ ଓ ଦୁଇଟି ସ୍ତନକୁ ଦୁଇଟି ସମତଳ ଅଧୋବିନ୍ଦୁକୁ କଳ୍ପନା କରି ଯେଉଁ ତ୍ରିକୋଣହୁଏ ତାହା ଊର୍ଦ୍ଧ୍ୱତ୍ରିକୋଣ । ଏହା ଅଗ୍ନିରୂପ । ଯୋନି ଅଧଃତ୍ରିକୋଣ । ଏହା ତାଙ୍କର ସୋମ(ଚନ୍ଦ୍ର) ରୂପ । ବିଲ୍ୱବୃକ୍ଷର ପତ୍ର ତ୍ରିଶାଖା । ଦୂର୍ବା ତ୍ରିଶୂଳ ଭଳି । ଏହା ହେଲା ଯୋନିର ପ୍ରତୀକ । ବିଲ୍ୱଫଳ ସ୍ତନର ପ୍ରତୀକ । ମୁଖକୁ ବୃକ୍ଷର ଅଗ୍ରଭାଗରୂପେ କଳ୍ପନାକରାଯାଏ । ତେଣୁ ବିଲ୍ୱବୃକ୍ଷରେ ଊର୍ଦ୍ଧ୍ୱ ଏବଂ ଅଧଃ ଦୁଇଟି ତ୍ରିକୋଣର ସମାହାର ଦେଖାଯାଇଥାଏ । ଏହି ବୃକ୍ଷ କଣ୍ଟକବୃକ୍ଷ ବୋଲି ସ୍ପର୍ଶ କରିବା କଷ୍ଟ । ଦେବୀ ଆଗମ୍ୟାକୁମାରୀ । ଏହା ତାଙ୍କର ବ୍ରହ୍ମଭାବ । ଏହି ବୃକ୍ଷରେ ଅଗ୍ନି ଓ ସୋମର ବ୍ରହ୍ମ ଏବଂ ଶକ୍ତିର ସମନ୍ୱୟ ହୋଇଛି ବୋଲି ଏହି ବୃକ୍ଷକୁ ସ୍ୱଦେହ ଭାବନା କରି ତା'ର ମୂଳରେ ଅର୍ଥାତ୍ ମୂଳାଧାରରେ ଦେବୀଙ୍କର ବୋଧନ କରାଯାଏ । ଏହା ହେଲା ବୋଧନର ରହସ୍ୟ ।

ଦୁର୍ଗା ପୌରାଣିକ ଦେବୀ । ପୁରାଣ ବେଦରୁ ଭିନ୍ନ ନୁହେଁ । ଏହି ଦେବୀ ବେଦରେ ଅଦିତି ତନ୍ତ୍ରରେ ସେ ମହାଶକ୍ତି ବା ମହାମାୟା । ପ୍ରଥମ ଚରିତ୍ରରେ ବିଷ୍ଣୁମାୟା ବିଷ୍ଣୁ ଆଦିତ୍ୟ ବିଷ୍ଣୁ ଦେବଃ ଦେବ ବିଷ୍ଣୁମାୟା । ଏହାଙ୍କୁ ଭଗ ନାମରେ ପରିଚିତ କରାଯାଏ । ଭଗରୁ ଭଗବାନ ଶବ୍ଦ ଆସିଛି । ତହିଁରୁ ଭାଗବତ୍ ସମ୍ପ୍ରଦାୟ । ଅସୁର ଅବିଦ୍ୟା । ଅବିଦ୍ୟାର ନାଶ ଦେବକୃତ୍ୟ । ଦେବୀ ଦୁର୍ଗାଙ୍କ ମଧ୍ୟରେ ଆମ୍ଭେମାନେ ଅସୁରଘାତିନୀ ମହାଶକ୍ତିଙ୍କର ପୂଜାକରୁ । ଏହା ଅତି ପ୍ରାଚୀନ । 'ଭଗ' ନାମରେ ଯେଉଁ ଆଦିତ୍ୟ ତାଙ୍କର ଦୁଇଟି ପତ୍ନୀଙ୍କ କଥା ବେଦରେ ଅଛି । ଶ୍ରୀ ଏବଂ ଲକ୍ଷ୍ମୀ । ଶ୍ରୀ ସରସ୍ୱତୀ ବା ପ୍ରଜ୍ଞା । ଏହି ପ୍ରଜ୍ଞା ଏବଂ ଲକ୍ଷ୍ମୀ ମଧ୍ୟ ଦେବୀଙ୍କର ବଭୂତି ରୂପରେ ତାଙ୍କ ନିକଟରେ ସ୍ଥାନ ପାଇଛି । କୁମାର ଅଗ୍ନିର ଗୋଟିଏ ବିଶେଷଣ । କୁମାର ହେଉଛି କାର୍ତ୍ତିକଙ୍କର ଅନ୍ୟନାମ । କୃତ୍ତିକା ନକ୍ଷତ୍ର, ଅଗ୍ନି ନକ୍ଷତ୍ର, ଦେଖିବାକୁ ଅଗ୍ନିପୁଞ୍ଜ ସଦୃଶ । ସମ୍ବତ୍ସରର ଆଦି ବେଳ ଗଣା ହୁଏ ବୋଲି ଦେବାଦି ଅଗ୍ନି ତା'ର ଅଧିଷ୍ଠାତା । ଅଗ୍ନିର ଶକ୍ତି ବାକ୍ ତେଣୁ ବାଚସ୍ପତି ଅଗ୍ନିର ଅନ୍ୟଏକ ନାମଅଟେ । ବୃହସ୍ପତି ହିଁ ଋକ୍ ସଂହିତାରେ ଗଣପତି ବୋଲି ପରିଚିତ । ସେ ହିଁ ପୁରାଣରେ ଗଣେଶ । ଦେବୀ ଯଦି ଅଦିତି ହୋଇଥାଆନ୍ତି ଆଦିତ୍ୟମଣ୍ଡଳ ତାଙ୍କର ପ୍ରତ୍ୟକ୍ଷ ଦୃଷ୍ଟ ପ୍ରତିରୂପ ହୋଇଥାଏ । ବୃତ୍ର ବା ଅନ୍ଧକାର ନାଶ ଯଦି ତାଙ୍କର ପ୍ରଧାନ କର୍ତ୍ତବ୍ୟ ହୋଇଥାଏ, ତାହାହେଲେ ତାଙ୍କର ଦଶଭୁଜା ହେବାର ତାତ୍ପର୍ଯ୍ୟ ବୁଝିହୁଏ । ଆଦିତ୍ୟଙ୍କର କିରଣକୁ କର କୁହାଯାଏ । ଗୋଟିଏ ବିମ୍ବରୁ କର ଗୁଡ଼ିକ ଚାରିଦିଗକୁ ଖେଳିଯାଉଛି । ହିନ୍ଦୁମାନଙ୍କର ଦେବତାଙ୍କର ବହୁକର । କିନ୍ତୁ ବହୁ ଚରଣ ନୁହେଁ । ଦେବତା ଯଦି ପୁଞ୍ଜଜ୍ୟୋତି ତାହାହେଲେ ତାଙ୍କର କିରଣଗୁଡ଼ିକ କର ବା ହସ୍ତ । ପୁନଶ୍ଚ ଦଶଭୁଜା ଦୁର୍ଗା ଆଦିତ୍ୟ ବିମ୍ବଙ୍କର ଶିଳ୍ପ ସମ୍ଭୂତ ରୂପ । ଅଗ୍ନି ଶକ୍ତିର ଦୁଇଟି ରୂପ । ଗୋଟିଏ କର୍ମ ଓ ଅନ୍ୟଟି ପ୍ରଜ୍ଞା । କର୍ମଦ୍ୱାରା ଅସୁର ବଧ ହେଲାବେଳେ ପ୍ରଜ୍ଞାଦ୍ୱାରା କାର୍ତ୍ତିକ ଓ ଗଣପତିଙ୍କ ପରିଚୟ ମିଳେ । ଆଦିତ୍ୟଙ୍କର ପ୍ରଜ୍ଞା ଓ ଆନନ୍ଦ ଶକ୍ତି ସରସ୍ୱତୀ ଏବଂ ଲକ୍ଷ୍ମୀଙ୍କ ମଧ୍ୟରେ ଦେବୀ ଅଦିତି ବା ମହାଶକ୍ତି ଦେବୀଙ୍କର ରୂପ ହିରଣ୍ମୟୀ ଓ କାଳୀ । ବେଦରେ ଅଦିତି ପୃଥିବୀ ସେ ହିରଣ୍ୟବକ୍ଷାଃ । ତାଙ୍କର ଦୁଇଟି ମିଥୁନରୂପ । ଶିବ ଶକ୍ତି ଓ କୃଷ୍ଣ ରାଧା । ସଗୁଣ ଓ ନିର୍ଗୁଣଭାବ ରହିଛି । ନିର୍ଗୁଣ ଦଶା ଶିବ ଓ ସଗୁଣ ଦଶା ହେଉଛି ଗୌରୀ । ପ୍ରେମର ନିର୍ଗୁଣ ଦଶା ରାଧା । ସଗୁଣ ଦଶା କୃଷ୍ଣ ଅଟନ୍ତି । ଗୌରୀ ଦୁର୍ଗା ହୋଇ ଅସୁର ବଧ କରୁଛନ୍ତି ଶିବ ସାକ୍ଷୀ ରୂପ ହୋଇ ଦେଖୁଛନ୍ତି । ସେହିପରି ଶ୍ରୀକୃଷ୍ଣ କୁରୁ କ୍ଷେତ୍ରରେ ଦୁଷ୍କୃତ ବିନାଶନ କାଳରୂପରେ ଆବିର୍ଭାବ ହୋଇଥାଆନ୍ତି । ନେପଥ୍ୟେ ରାଧା ବୃନ୍ଦାବନରେ ସମାହିତା ଏଣୁ ଦୁର୍ଗା ଓ କୃଷ୍ଣ ଗୋଟିଏ ତତ୍ତ୍ୱ ।

*କନସଲଣ୍ଟାଟ ରେଡ଼ିଓଲୋଜିଷ୍ଟ, ଏମ୍ଆରଆଇ କେନ୍ଦ୍ର, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ, କଟକ*




2024-2025

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservation as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada


## ଖଟିଖିଆଙ୍କୁ ମାଗଣା ଖାଦ୍ୟ, ୬ ମାସ ପାଇଁ ପ୍ରତି ପରିବାରକୁ ଆର୍ଥିକ ସହାୟତା ଦାବିରେ ସିପିଆଇଏମ୍‌ର ବିକ୍ଷୋଭ

ଭଦ୍ରକ, (ପିଏନ)- ସିପିଆଇଏମ୍ ପଲିଟି ବ୍ୟୁରୋ ଡାକରାରେ ସାରା ଦେଶରେ ଗତ ୧୭ ତାରିଖ ଠାରୁ ମୋଦି ସରକାର ବିରୋଧୀ ଆନ୍ଦୋଳନ ଜାରି ରହିଛି । ଏହି ପରିପ୍ରେକ୍ଷୀରେ ବିଭିନ୍ନ ଦାବି ନେଇ ସିପିଆଇଏମ ଭଦ୍ରକ ଜିଲ୍ଲା କମିଟି ପକ୍ଷରୁ ସ୍ଥାନୀୟ ବନ୍ତ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ସମଗ୍ର ବିଶ୍ୱ କରୋନା ମହାମାରୀ କବଳରେ ରହିଛି । ଭାରତ ବର୍ଷ ମଧ୍ୟ ଏଥିରୁ ବାଦ୍ ପଡିନାହିଁ । ଦେଶବାସୀଙ୍କ ଜୀବନ ଓ ଜୀବିକା ସଂକଟମୟ ସ୍ଥିତି ମଧ୍ୟରେ ଗତି କରୁଛି । ଏଭଳି ସମୟରେ କେନ୍ଦ୍ରର ମୋଦି ସରକାର ସଂସଦରେ ଏ ବିଷୟ ଆଲୋଚନା ନ କରି କୃଷିଜାତ ଦ୍ରବ୍ୟ ଡାଲି, ଧାନ, ଆଳୁ, ପିଆଜକୁ ୩ଟି ଅଧ୍ୟାଦେଶ ଜରିଆରେ କର୍ପୋରେଟ କମ୍ପାନୀ ହାତକୁ ଟେକି ଦେଇଛି । ସମସ୍ତ ରାଷ୍ଟ୍ରାୟ ଶିଳ୍ପ ଯଥା ରେଳବାଇ, ବିମାନ ସେବା, ବ୍ୟାଙ୍କ, ଡାକ, ବୀମା, ଖଣିକୁ ଶାଗମାଛ ଦରରେ ଆଦାନୀ, ଅମ୍ବାନୀ ତଥା ବିଦେଶୀ କର୍ପୋରେଟ କମ୍ପାନୀକୁ ଟେକି ଦିଆଯାଉଛି ବୋଲି ବିକ୍ଷୋଭ ଅବସରରେ ଆରୋପ କରାଯାଇଛି । ଦେଶରେ ପେଟ୍ରୋଲ, ଡିଜେଲର ଦରବୃଦ୍ଧିକୁ ନିୟନ୍ତ୍ରଣ କରିବା, ଅତ୍ୟାବଶ୍ୟକ ସାମଗ୍ରୀର ମୂଲ୍ୟରେ ସ୍ଥିରତା ଆଣିବା, କରୋନା ମହାମରୀ ଜନିତ ଗରିବ ଖଟିଖିଆ ରିକ୍‌ସା ଚାଳକ, ନିର୍ମାଣ ଶ୍ରମିକ, ପରିବହନ ଶ୍ରମିକ, ବନ୍ଦର ଶ୍ରମିକ, ଟ୍ରଲି ଚାଳକ ଭଳି ପରିବାରକୁ ମାଗଣା ଖାଦ୍ୟ ଯୋଗାଣ ଓ ପ୍ରତି ପରିବାରକୁ ୬ ମାସ ପାଇଁ ମାସିକ ୭୫୦୦ ଟଙ୍କା ଆର୍ଥିକ ସହାୟତା ଯୋଗାଇବାକୁ ବିକ୍ଷୋଭ ସଭାରେ ଦାବି କରାଯାଇଛି । ପାର୍ଟିର ଜିଲ୍ଲା କମିଟି ସମ୍ପାଦକ ଦିବ୍ୟସିଂହ ନାୟକଙ୍କ ନେତୃତ୍ୱରେ ଅନୁଷ୍ଠିତ ସଭାରେ ସେକ୍ କାସିମ, ସେକ୍ ମନଓ୍ୱର, ସେକ୍ ସିକ୍‌ରୁ, ଗେଜ ମୁଣ୍ଡା, ମ୍‌ ମୁଣ୍ଡା, ସେକ୍ ହାଦିକ, ସନାତନ ଦାସ, ସନ୍ତୋଷ ରାଉତ, ସେକ୍ କମର, ସେକ୍ ଅବଦୁଲ ରହେମାନ, ଜଗନ୍ନାଥ ରାଓ, ରାଜୁ ରାଓ, ମେହେମୁଦ୍ ପ୍ରମୁଖ ବିକ୍ଷୋଭ ସଭାରେ ସାମିଲ ହୋଇଥିଲେ ।

## କାରଖାନା ବନ୍ଦ ପାଇଁ ଚକ୍ରାନ୍ତ, ବଢୁଛି ଅସନ୍ତୋଷ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରେ ଖଣିଜ ସଂପଦର ସଦୁପଯୋଗ କରିବା ପାଇଁ ଶିଳ୍ପ ପ୍ରତିଷ୍ଠା ଜରୁରୀ ହୋଇପଡିଛି । ବହୁ କମ୍ପାନୀ ଶିଳ୍ପ ନକରି ଖଣିଜ ପଥର ଚାଲାଣ କରି ଲାଭବାନ ହେଉଥିବାବେଳେ କେତେକ କମ୍ପାନୀ ଖଣିଜ ପଥର ସଦୁପଯୋଗ କରିବା ସହ ଜିଲ୍ଲାର ବିକାଶ ଓ ସ୍ଥାନୀୟ ଅ ଳର ବେକାର ଯୁବକ ଯୁବତୀଙ୍କ ନିଯୁକ୍ତିକୁ ଆଖି ଆଗରେ ରଖି ଶିଳ୍ପ ପ୍ରତିଷ୍ଠା କରିଛନ୍ତି । ତେବେ କେତେକ ମୁଷ୍ଟିମେୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ନିଜର ଫାଇଦା ପାଇଁ ସ୍ଥାନୀୟ ସରଳ ଗରୀବ ଲୋକଙ୍କୁ ମତାଇ ଉକ୍ତ ଶିଳ୍ପ ବନ୍ଦ ପାଇଁ ଚକ୍ରାନ୍ତ ଚଳାଇ ଆସୁଥିବାରୁ ଅସନ୍ତୋଷ ବଢିବାରେ ଲାଗିଛି । ଏଭଳି ଘଟଣା ବାଂଶପାଳ ବ୍ଲକ ଅଁରା ଗ୍ରାମରେ ପ୍ରତିଷ୍ଠିତ ହୋଇଥିବା ଶ୍ରୀ ମେଟାଲିକ୍ସ କାରଖାନାକୁ ବନ୍ଦ କରିବା ପାଇଁ ଷଡଯନ୍ତ୍ର କରାଯାଉଥିବା ନେଇ ସ୍ଥାନୀୟ ଲୋକ କେନ୍ଦୁଝର ଜିଲ୍ଲାପାଳଙ୍କଠାରେ ମଙ୍ଗଳବାର ଦିନ ଅଭିଯୋଗ କରିଛନ୍ତି । ଏହି କାରଖାନା ଆଦିବାସୀ ଅଧ୍ୟୁଷିତ ଅ ଳରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ପାଇଁ ୨୦୧୦ ମସିହାରେ ପ୍ରତିଷ୍ଠା ହୋଇ କାର୍ଯ୍ୟକ୍ଷମ ହୋଇଥିଲା । ଏହାଦ୍ୱାରା କାମ ଆଶାରେ ଜମି ଦେଇଥିବା ଶତାଧିକ ପରିବାର ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଉପର ରାଇଗୋଡା ପ ାୟତ ସମେତ ମଲଦା,ପୁଲଝରେ,କୁମୁଣ୍ଡି,ଶୁଆକାଟୀ,ବାଂଶପାଳ ଆଦି ପ ାୟତର ବହୁ ବେକାର ଯୁବକ ଉପକୃତ ହୋଇ ଆସୁଥିଲେ । ତେବେ କେତେକ କୁଚକ୍ରୀ ଗୋଷ୍ଠୀଙ୍କ ଚକ୍ରାନ୍ତରେ ୨୦୧୪ ମସିହାରେ କାରଖାନା ବନ୍ଦ ହୋଇଯାଇଥିଲା । ଉକ୍ତ ସମୟରେ ସ୍ଥାନୀୟ ଲୋକେ କାମଧନ୍ଦା ହରାଇ ଆର୍ଥିକ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ । କାରଖାନା ପାଇଁ ଜମି ଦେଇଥିବା ଲୋକମାନେ ବାଧ୍ୟ ହୋଇ ଭିଟାମାଟି ଛାଡି କାମଧନ୍ଦା ପାଇଁ ବାହାରକୁ ପଳାଇବାକୁ ବାଧ୍ୟ ହୋଇଥିଲେ । ପରେ ଜମିହରା ଲୋକଙ୍କ ଅନୁରୋଧ ଓ ଅନୁକୂଳ ପରିବେଶ ସୃଷ୍ଟି ହେବା ପରେ ୨୦୧୭ ରେ ପୁନଃ ସ୍ଥାନୀୟ ଲୋକଙ୍କ ସହଯୋଗରେ କାରଖାନା ଚାଲୁ ହୋଇଥିଲା । ଏବେ କେତେକ ନ୍ୟସ୍ତ ସ୍ୱାର୍ଥବାଦୀ ଲୋକ ନିଜର ଫାଇଦା ପାଇଁ ଗରୀବ ଓ ନିରୀହ ଆଦିବାସୀଙ୍କୁ ପ୍ରଲୋଭିତ କରି କାରଖାନାରେ ବିଶୃଙ୍ଖଳା ସୃଷ୍ଟି କରି ବନ୍ଦ କରିବା ପାଇଁ ଉଦ୍ୟମ ଚଳାଇଛନ୍ତି । ଅନେକ ସମୟରେ ମିଥ୍ୟା ଓ ଭିତ୍ତିହୀନ ଅଭିଯୋଗ କରି କାରଖାନା କର୍ତ୍ତୃପକ୍ଷଙ୍କୁ ବିବାଦ ଘେରକୁ ଟାଣି ନେବାକୁ ଚେଷ୍ଟା କରିବା ସହ ଉତ୍ତେଜନା ପରିସ୍ଥିତି ସୃଷ୍ଟି କରୁଛନ୍ତି । ସେମାନେ ଗରୀବ ଲୋକଙ୍କୁ ପ୍ରଲୋଭିତ କରି କିମ୍ବା ଧମକଚମକ ଦେଇ କାରଖାନାରେ କାମ କରିବାକୁ ବାରଣ କରୁଛନ୍ତି । ସେମାନଙ୍କୁ ହାତବାରିସି କରି ହିଂସାତ୍ମକ ଆନ୍ଦୋଳନ କରିବା ସହ ଅରାଜକତା ସୃଷ୍ଟି କରି ଶ୍ରୀ ମେଟାଲିକ୍ସ ପ୍ଲାଣ୍ଟକୁ ବନ୍ଦ କରିବାକୁ ଉଦ୍ୟମ ଚଳାଇଛନ୍ତି । କାରଖାନା ବନ୍ଦ ହେଲେ ଶହ ଶହ ଜମିହରା ଗ୍ରାମବାସୀ ଏବଂ କାରଖାନା ଉପରେ ନିର୍ଭରଶୀଳ ସ୍ଥାନୀୟ ଅ ଳର ଅଧିବାସୀ ଜୀବନଜୀବିକା ହରାଇବେ ଓ କରୋନା ମହାମାରୀ ସମୟରେ କାମଧନ୍ଦା ହରାଇ ସେମାନଙ୍କର ଆର୍ଥିକ ସ୍ଥିତି ଦୋହଲିଯିବ । ଏଣୁ ଏଥିରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରି କୁଚକ୍ରୀ ଷଡଯନ୍ତ୍ରକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି କାରଖାନାକୁ ଶାନ୍ତିପୂର୍ଣ୍ଣ ଭାବରେ ପରିଚାଳନା କରିବାକୁ ଅଁରା ଗ୍ରାମବାସୀ ଓ ଶ୍ରୀ ରାଧାକୃଷ୍ଣ ଗ୍ରାମ କମିଟି ତରଫରୁ ଅନୁରୋଧ କରାଯାଇଛି । ଏହାର ଏକକିତା ନକଲ ମୁଖ୍ୟ ଶାସନ ସଚିବଙ୍କୁ ପ୍ରଦାନ କରିବା ସହ କେନ୍ଦୁଝର ଉପଜିଲ୍ଲାପାଳ,ସଦର ଏସ୍‌ଡିପିଓ, ବାଂଶପାଳ ତହସିଲଦାର, ନୟାକୋଟ ଥାନା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି ।

## ଭୁବନ ବିଜେପି ତରଫରୁ ସେବା ସପ୍ତାହ ଉଦଯାପିତ

ଭୁବନ, (ପିଏନ)- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୦ ତମ ଜନ୍ମଜୟନ୍ତୀ ଅବସରରେ ଭୁବନ ବିଜେପି ତରଫରୁ ଅନୁଷ୍ଠିତ ସେବା ସପ୍ତାହ କାର୍ଯ୍ୟକ୍ରମ ଉଦଯାପିତ ହୋଇଯାଇଛି । ବୃକ୍ଷରୋପଣ,ଦିବ୍ୟାଙ୍ଗଙ୍କୁ ଉପକରଣ ବଣ୍ଟନ,ଡାକ୍ତରଖାନାରେ ରୋଗୀଙ୍କୁ ଫଳ ବଣ୍ଟନ,ରକ୍ତଦାନ ଶିବିର ଏବଂ ଅନ୍ତିମ ଦିବସରେ ଗତକାଲି ପ୍ରସିଦ୍ଧ ଶୈବପୀଠ ବାବା ବୁଦ୍ଧେଶ୍ୱରଙ୍କ ମନ୍ଦିର ପରିସରରେ ସ୍ୱଚ୍ଛଭାରତ କାର୍ଯ୍ୟକ୍ରମ କରାଯାଇ ସେବା ସପ୍ତାହ ଉଦଯାପିତ ହୋଇଥିଲା । ଭୁବନ ନଗରମଣ୍ଡଳ ସଭାପତି ଭବାନୀ ଶଙ୍କର ବେହେରା ଙ୍କ ନେତୃତ୍ୱରେ ଆୟୋଜିତ ସମସ୍ତ କାର୍ଯ୍ୟକ୍ରମରେ କାମାକ୍ଷାନଗର ବିଧାୟକ ପ୍ରାର୍ଥୀ ତଥା ବରିଷ୍ଠ ବିଜେପି ନେତା ଶତୃଘ୍ନ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ । ମଣ୍ଡଳ ସାଧାରଣ ସଂପାଦକ ସୁରେନ୍ଦ୍ର କୁମାର ପୃଷ୍ଟି, ଯୁବମୋର୍ଚ୍ଚା ସଭାପତି ନିର୍ମଳ ଗୁରୁ, ପୂର୍ବତନ କାଉନସିଲର ମାୟାଧର ଗୁରୁ,ପବିତ୍ର ସାହୁ,ଗଣେଶ୍ୱର ନାୟକ,ସୁଶାନ୍ତ ନାୟକ,ସନ୍ତୋଷ ରାଉଳ,ନିରଂଜନ ଗୁରୁ, ମଳୟ ତ୍ରିପାଠୀ,ଜଗବନ୍ଧୁ ଗୁରୁ,ଅଜିତ ସାହୁ,ସଂଜୟ ଗୁରୁ,ନାରୀନେତ୍ରୀ ସରୋଜିନୀ ରଣା,ଅମ୍ବିକା ବେଜ,ସୁକାନ୍ତି ବେହେରା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ । ଅନୁରୂପ ଭାବେ ଭୁବନ ବ୍ଲକର ମହୁଲପାଳ ମଣ୍ଡଳ ସଭାପତି ଚୈତନ୍ୟ ବେହେରା,ମୃଦଙ୍ଗୀ ସରପଂଚ ଅଶୋକ ଦତ,ମହୁଲପାଳ ସରପଂଚ ମମତା ସାହୁ,ଗଗନ ବିହାରୀ ସାହୁ ଏବଂ ବାରଆଁ ମଣ୍ଡଳ ତରଫରୁ ସଭାପତି ସଂଜୟ ଦାସ ଙ୍କ ନେତୃତ୍ୱରେ ରସାନନ୍ଦ ମହାପାତ୍ର, ଜିଲ୍ଲା ସାଧାରଣ ସଂପାଦକ ପ୍ରେମାନନ୍ଦ ଜେନା ଙ୍କ ସହଯୋଗରେ ସେବା ସପ୍ତାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

## ଭୁବନ ସିଏଚସିରେ ୬୧ ଜଣଙ୍କର ଆଂଟିଜେନ ଟେଷ୍ଟ ହେଲା

ଭୁବନ, (ପିଏନ)- ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ଅଗଷ୍ଟ ୧୧ ତାରିଖ ମଙ୍ଗଳବାର ଠାରୁ ଆଂଟିଜେନ ଟେଷ୍ଟିଂ ଆରମ୍ଭ ହୋଇଥିବା ବେଳେ ଆଜି ସମୁଦାୟ ୬୧ ଜଣ ବ୍ୟକ୍ତି ଟେଷ୍ଟିଂ କରିଥିଲେ । ତେବେ ଆଜି ସୁଦ୍ଧା ୨୩୬୯ ଜଣ ବ୍ୟକ୍ତି ଆଂଟିଜେନ ଟେଷ୍ଟ କରିଥିବା ଜଣାପଡିଛି । ଭୁବନ ଏନଏସିରେ ଦିନକୁ ଦିନ ଥଣ୍ଡା,କାଶ,ଜ୍ୱର ସହିତ କରୋନା ସଂକ୍ରମିତ (ପଜିଟିଭ) ଙ୍କ ସଂଖ୍ୟା ବୃଦ୍ଧି ପାଇ ପାଖାପାଖି ୫ ଶହରେ ପହଁଚିଥିବାରୁ ଲୋକମାନେ ନିଜର ସୁରକ୍ଷା ଓ ସ୍ୱାସ୍ଥ୍ୟରକ୍ଷା ପାଇଁ ଅଧିକ ରୁ ଅଧିକ ସଂଖ୍ୟାରେ ଆଂଟିଜେନ ଟେଷ୍ଟ କରିବାକୁ ଡାକ୍ତରଖାନାରେ ଗହଳି କରୁଥିବା ଦେଖିବାକୁ ମିଳୁଛି ।

## ଉପଖଣ୍ଡ ଚିକିତ୍ସାଳୟରେ ବ୍ଲଡ ଷ୍ଟୋରେଜ ୟୁନିଟ୍‌କୁ କାର୍ଯ୍ୟକ୍ଷମ ଦାବୀ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ଥିତ ଉପଖଣ୍ଡ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ୩ ବର୍ଷ ତଳେ ବ୍ଲଡ ଷ୍ଟୋରେଜ ୟୁନିଟ ଖୋଲାଯାଇଥିଲା । ହେଲେ ଆବଶ୍ୟକ ରକ୍ତ ସଂଗ୍ରହ ହୋଇ ପାରୁନଥିବା ଯୋଗୁଁ ଏହି ୟୁନିଟ ବନ୍ଦ କରି ଦିଆଯାଇଥିବା ଜଣାପଡିଛି । ଫଳରେ ଏହି ୟୁନିଟକୁ ତୁରନ୍ତ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି । ନୂଆପଡା ଜିଲ୍ଲାର ପ୍ରମୁଖ ଏବଂ ମୁଖ୍ୟସ୍ଥଳୀ ଭାବରେ ଖଡିଆଳ ଜଣାଶୁଣା । ଏଠାରେ ରକ୍ତ ଅଭାବରୁ ଅନେକ ରୋଗୀ ଉପଯୁକ୍ତ ଚିକିତ୍ସା ସେବା ପାଇ ପାରୁନଥିବା ବେଳେ ବ୍ଲଡ ଷ୍ଟୋରେଜ ୟୁନିଟର ନିତାନ୍ତ ଆବଶ୍ୟକତା ରହିଛି । ରାଜ୍ୟ ସରକାର ତଥା ଜିଲ୍ଲା ପ୍ରଶାସନ ତରଫରୁ ପ୍ରତିମାସରେ ରକ୍ତଦାନ ଶିବିର ଆୟୋଜନ କରି ଆବଶ୍ୟକ ରକ୍ତ ମହଜୁଦ ରଖିବାକୁ ଇତିପୂର୍ବେ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତଦନୁରୂପ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀ ରକ୍ତଦାନ ଶିବିର ଆୟୋଜନ ପାଇଁ ବୈଠକ ମଧ୍ୟ କରିଥିଲେ । କିନ୍ତୁ କୌଣସି କାରଣ ନଥାଇ ତାହାକୁ ବିନା କାରଣରେ ବନ୍ଦ କରି ଦିଆଯାଇଛି । ଖଡିଆଳ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରସୂତୀ ଅସ୍ତ୍ରୋପ୍ରଚାର କେନ୍ଦ୍ର ରୂପେ ଜିଲ୍ଲା ପ୍ରଶାସନ ସ୍ୱୀକୃତି ଦେଇଥିବା ବେଳେ ଆନୁସାଙ୍ଗିକ ବ୍ୟବସ୍ଥା ନହେବା କାରଣରୁ ଅନେକ ଗର୍ଭବତୀ ମହିଳା ମାନେ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରସବ କରିବାକୁ ବିଫଳ ହେଉଛନ୍ତି । ଖଡିଆଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୈନିକ ଦୈନିକ ୧୦ ରୁ ଉର୍ଦ୍ଧ ମାଁ ପ୍ରସବ କରୁଛନ୍ତି । କିନ୍ତୁ ଅନେକ ମାଁଙ୍କୁ ରକ୍ତ ମିଳୁନଥିବା ଯୋଗୁଁ ଶିଶୁ ଜନ୍ମ ଦେଲା ପରେ ମଧ୍ୟ ନୂଆପଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପ୍ରସୂତୀଙ୍କୁ ନେବାକୁ ବାଧ୍ୟ ହେଉଛନ୍ତି । ବ୍ଲଡ ଷ୍ଟୋରେଜ ୟୁନିଟ କାର୍ଯ୍ୟକ୍ଷମ ହେଲେ ଅନେକ ପ୍ରସୂତୀ ମାଁ ସମେତ ଅନ୍ୟାନ୍ୟ ରୋଗୀ ମାନେ ଉପକୃତ ହୋଇପାରନ୍ତେ ବୋଲି ଖଡିଆଳ ବୁଦ୍ଧିଜିବୀ ପ୍ରକାଶ କରିଛନ୍ତି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ବ୍ଲଡ ଷ୍ଟୋରେଜ ୟୁନିଟକୁ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି ।

## ୩୦ ବର୍ଷର ଫଳପୁରର ଜଙ୍ଗଲ ଜମି ଏବେ ବ୍ୟକ୍ତିଗତଙ୍କ ନାଁରେ : ଆନ୍ଦୋଳନ ପାଇଁ ୫ ପଂଚାୟତବାସୀ ଏକଜୁଟ

ଭଦ୍ରକ, (ପିଏନ)- ଭଦ୍ରକ ଜିଲା ଧାମନଗର ତହସିଲ ଅଧିନରେ ଥିବା ବିଭିନ୍ନ ଗୋଚର, ଅନାବାଦୀ ଓ ଜଙ୍ଗଲ ଜମିକୁ କେତେକ ଜମି ଦଲାରୀ ଚଂଚକତା କରି ନିଜ ନାମରେ କରି ନେଇଥିବା ଅଭିଯୋଗ ହୋଇଛି । ଏପରିକି ଉକ୍ତ ଜମିରେ ସଂପୃକ୍ତ ଦଲାରୀମାନେ ପକ୍କାଘର ସହିତ ଜବରଦଖଲ କରିବାରେ ସକ୍ଷମ ହୋଇଛନ୍ତି । ଏନେଇ ବିଭିନ୍ନ ମହଲରୁ ବାରମ୍ବାର ଅଭିଯୋଗ ସତ୍ୱେ ବି ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ହେଉନଥିବା ଅଭିଯୋଗ ହୋଇଛି । ଏହାକୁ ନେଇ ଅଂଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ପ୍ରକାଶ ଥାଉକି ଧାମନଗର ତହସିଲ ଅନ୍ତର୍ଗତ ଭଟ୍ଟସାହି ପଂଚାୟତ ଫଳପୁର ମୌଜାର ତଫସିଲ ଗ୍ରାମ୍ୟ ଜଙ୍ଗଲ ବୃତିକୁ ଚଂଚକତା କରି ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ନିଜ ନାମରେ ପଟ୍ଟା କରିନେଇଥିବା ଜଣାଯାଇଛି । ଅଭିଯୋଗରୁ ଜଣାଯାଇଛି ଯେ, ଜମିଦାରୀ ସମୟରେ ସୁଶିଳାବାଳା ଦାସୀ ନାମରେ ଉକ୍ତ ତଫସିଲ ରେକର୍ଡ ଦରଜ ଥିଲା । ସାବକରେ ଏହାର ଖାତା ନଂ-୧୩୫ ଅବଂ ପ୍ଲଟ ନଂ-୧୫୬୦ ଓ ୧୫୬୧, ରକବା ୨ଏକର ୧୧ ଡିସିମିଲ ଥିଲା । ତତ୍‌ପରେ ଉକ୍ତ ତଫସିଲ ହାଲ ବନ୍ଦୋବସ୍ତରେ ରାଧାକାନ୍ତ ବୋଷ ପିତା-ରାମକୃଷ୍ଣ ବୋଷ, ବାସସ୍ଥାନ-କୋଠାରରେ ରେକର୍ଡ ଦରଜ ଥାଇ ପୁନର୍ବାର ରାଧାକାନ୍ତ ବୋଷଙ୍କ ଦୁଇ କନ୍ୟା ରାଜେଶ୍ୱରୀ ଦେ ଓ ତନୁଶ୍ରୀ ମିତ୍ରଙ୍କ ନାମରେ ରେକର୍ଡ ହୋଇଥିଲେ ହେଁ ପ୍ରକୃତପକ୍ଷେ ସେମାନେ କେହିଁ ଏହି ଜଙ୍ଗଲ ଜମିରେ ଦଖଲଦାରୀ ନଥିଲେ । ପରବର୍ତୀ ସମୟରେ ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ସେମାନଙ୍କ ଠାରୁ ଚଂଚକତା କରି ଉକ୍ତ ଜଙ୍ଗଲ ଜମିକୁ ନିଜ ନାମରେ କରି ପଟ୍ଟା ପାଇବାରେ ସକ୍ଷମ ହୋଇଛନ୍ତି । ଏହି ଚଂଚକତା ଘଟଣା ଜଣାପଡିବା ପରେ ଆଖପାଖ ଅଂଚଳର ଭଟ୍ଟସାହି ସମେତ ନଦୀଗାଁ, ଦଳାଙ୍ଗ, ଅର୍ଜୁନପୁର ଓ ବୟାଙ୍ଗଡିହ ଆଦି ପଂଚାୟତର ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଉକ୍ତ ଗ୍ରାମ୍ୟ ଜଙ୍ଗଲରେ ପାରିପାର୍ଶ୍ୱରେ ଅରଳେଶ୍ୱର ମହାଦେବ ମନ୍ଦିର, ଶନିଦେବଙ୍କ ମନ୍ଦିର, କଣ୍ଡିଆଶୁଣି ଏବଂ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଅସ୍ଥାନ ରହିଛି । ମଧ୍ୟଭାଗରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ରାସ୍ତା ଏବଂ ଜଙ୍ଗଲର ଚତୁପାର୍ଶ୍ୱରେ କଣ୍ଡିଆ ଓ ଗେଙ୍ଗୁଟି ନଦୀ ଥିବାରୁ ପରିବେଷକୁ ସୁନ୍ଦର କରିଛି । ଏନେଇ ଉକ୍ତ ୫ଟି ପଂଚାୟତର ଶତାଧିକ ଜନସାଧାରଣ ଏହି ଗ୍ରାମ୍ୟ ଜଙ୍ଗଲ ପରିସରରେ ଥିବା କଣ୍ଡିଆଶୁଣୀ ପୀଠରେ ଏକତ୍ରିତ ହୋଇ ପରବର୍ତୀ କାର୍ଯ୍ୟପନ୍ଥା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୩୦ ବର୍ଷ ଧରି ସରକାରଙ୍କ ଏହି ସ୍ଥାନ ଗ୍ରାମ୍ୟ ଜଙ୍ଗଲର ମାନ୍ୟତା ପାଇଥିଲା ବେଳେ କିପରି ଭାବେ ଏହି ଜମିକୁ ସଂପୃକ୍ତ ବ୍ୟକ୍ତିଙ୍କ ନାମରେ ରେକର୍ଡଭୁକ୍ତ କରାଗଲା । ଏହି ର୍ୟାକେଟ ପଛରେ କେଉଁ ସରକାରୀ ଅଧିକାରୀଙ୍କ ହାତ ଅଛି ତାହାକୁ ତୁରନ୍ତ ବାହାର କରିବା ସହିତ ଜଙ୍ଗଲ ଜମିକୁ ସୁରକ୍ଷା ଦେବା ପାଇଁ ଏକ ପ୍ରତିନିଧି ଦଳ ଆଗାମୀ ଦିନରେ ଭଦ୍ରକ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ସ୍ଥିର କରାଯାଇଛି । ଏଥିସହ ଧାମନଗର ତହସିଲଦାରଙ୍କ ସମେତ ମୁଖ୍ୟମନ୍ତ୍ରୀ, ଆରଡିସି, ରାଜସ୍ୱ ଓ ଜଙ୍ଗଲ ବିଭାଗର ମନ୍ତ୍ରୀ, ସାଂସଦ, ସ୍ଥାନୀୟ ବିଧାୟକ ଓ ପଂଚାୟତ ସମିତି ଅଧ୍ୟକ୍ଷଙ୍କୁ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯିବା ପାଇଁ ନିଷ୍ପତି ହୋଇଛି । ଏହି ବୈଠକରେ ସମାଜସେବୀ ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ନାରାୟଣ ଚନ୍ଦ୍ର ନାୟ, ସଂଜୟ କୁମାର ମହାପାତ୍ର, ଉମେଶ ଚନ୍ଦ୍ର ମହାନ୍ତି, ସମିତିସଭ୍ୟ ବିରଜା ପ୍ରସନ୍ନ ରାଉତ, ବିଶ୍ୱଜିତ ପତି, ସଂଜିବ କୁମାର ସାହୁ, ଦୁଃଶାସନ ପଣ୍ଡା, ପ୍ରମୋଦ କୁମାର ମହାନ୍ତି, ମନୋଜ କୁମାର ମହାନ୍ତି, ଗୋଲେଖ ଚନ୍ଦ୍ର ମହାନ୍ତି, ହରେକୃଷ୍ଣ ମହାଳିକ, ଆନନ୍ଦଚନ୍ଦ୍ର ମହାପାତ୍ର, ବାବାଜୀ ଚରଣ ନାୟକ, ପ୍ରଦୀପ ମହାପାତ୍ର, ସନ୍ଦିପ ମହାନ୍ତି, ଜନ୍ମଜୟ ପତି, ବୁଲୁ ପଣ୍ଡା, ଉପେନ୍ଦ୍ର ମହାପାତ୍ର, ରାମଚନ୍ଦ୍ର ସାହୁ, ପ୍ରଦୀପ ନାୟକ, ଦିପ୍ତି ମହାପାତ୍ର, କ୍ଷେତ୍ରବାସୀ ବାରିକ, ହରେକୃଷ୍ଣ ପ୍ରଧାନ, ପ୍ରତାପ ଜେନାଙ୍କ ସମେତ ଶତାଧିକ ଜନସାଧାରଣ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ । ଉପରୋକ୍ତ କାର୍ଯ୍ୟକୁ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଛି ।

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

ପର୍ଯ୍ୟବେକ୍ଷକ

Bhubaneswar Saturday October 05 ଭୁବନେଶ୍ୱର ଶନିବାର, ଅକ୍ଟୋବର ୦୫,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com

# ଏମ୍ସ ଭୁବନେଶ୍ୱରରେ ଉତ୍ସାହର ସହିତ ହିନ୍ଦୀ ପକ୍ଷ ପାଳିତ : ହିନ୍ଦୀରେ ଅଧିକ ସରକାରୀ କାର୍ଯ୍ୟ ସମ୍ପାଦନ ନିମନ୍ତେ ଆହ୍ୱାନ

ଭୁବନେଶ୍ୱର,(ପି.ଏନ): ଏମ୍ସ ଭୁବନେଶ୍ୱରରେ ବିପୁଳ ଉତ୍ସାହର ସହିତ ହିନ୍ଦୀ ପକ୍ଷ ପାଳିତ ହୋଇଯାଇଛି। ସେପ୍ଟେମ୍ବର ୧୪ ରୁ ୨୮ ପର୍ଯ୍ୟନ୍ତ ଆୟୋଜିତ ହିନ୍ଦୀ ପକ୍ଷ ପାଳନ ଅବସରରେ ହିନ୍ଦୀ ପ୍ରବନ୍ଧ ଲେଖା, ନୋଟିସ୍ ଏବଂ ଡ୍ରାଫ୍ଟ, ହିନ୍ଦୀ କୁଇଜ୍, ପେଣ୍ଟିଂ ପ୍ରତିଯୋଗିତା (ପିଲାମାନଙ୍କ ପାଇଁ), ଏବଂ କବିତା ପାଠ, ଆଦି ଏକାଧିକ କାର୍ଯକ୍ରମ ଅନୁଷ୍ଠିତ ହୋଇଥିଲା।ଏହି ବିଶେଷ ଅବସରରେ ଅନୁଷ୍ଠାନର ପତ୍ରିକା ଆରୋଗ୍ୟ ସୁଧାର ଷଷ୍ଠ ସଂସ୍କରଣ ମଧ ଉନ୍ମୋଚିତ ହୋଇଥିଲା। ଏଥିସହ, ହିନ୍ଦୀ ବ୍ୟବହାରକୁ ପ୍ରୋତ୍ସାହିତ କରିବାରେ ଉଲ୍ଲେଖନୀୟ ପ୍ରୟାସକୁ ସମ୍ମାନିତ କରିବା ପାଇଁ 'ହିନ୍ଦୀ ପ୍ରମୋସନ ସ୍କିମ୍' ଅଧୀନରେ ପୁରସ୍କାର ପ୍ରଦାନ କରାଯାଇଥିଲା। ଏମ୍ସରେ ସରକାରୀ ଭାଷା ଆଇନ କାର୍ଯ୍ୟକାରୀ କରିବାରେ ଉତ୍କର୍ଷତା ପାଇଁ ମେଡିକାଲ୍ ଅଧୀକ୍ଷକଙ୍କ କାର୍ଯ୍ୟାଳୟକୁ ସମ୍ମାନଜନକ ରୋଲିଂ ଟ୍ରଫି ପ୍ରଦାନ କରାଯାଇଥିଲା। ଏହି ଅବସରରେ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଡ. ଆଶୁତୋଷ ବିଶ୍ୱାସ ହିନ୍ଦୀ ଭାଷାର ମହତ୍ତ୍ୱ ସଂପର୍କରେ ମତ ରଖିବା ସହିତ, ସଫଳତାର ସହିତ ଏହି ପକ୍ଷ ପାଳନ ନିମନ୍ତେ ଆୟୋଜକଙ୍କୁ ଅଭିନନ୍ଦନ ଜଣାଇଥିଲେ।ରେଡିଓ ଡାଇଗ୍ନୋସିସ ବିଭାଗ ମୁଖ୍ୟ ଡ. ଏନ୍ ଦୀପ ବ୍ୟାଗ, ହିନ୍ଦୀ ପକ୍ଷ ପାଳନ ଉଦଯାପନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଡିନ୍(ଗବେଷଣା) ଡ. ସତ୍ୟଜିତ ମିଶ୍ର, ମେଡିକାଲ ଅଧୀକ୍ଷକ ଡ. ଦିଲ୍ଲୀପ କୁମାର ପରିଡ଼ା ପ୍ରମୁଖ ଅତିଥି ଭାବରେ ଉପସ୍ଥିତ ଥିଲେ। ଏହି ଉତ୍ସବରେ ଅଧ୍ୟାପକ, ଅଧ୍ୟାପିକା, ବରିଷ୍ଠ ଅଧିକାରୀ, କର୍ମଚାରୀ, ଛାତ୍ରଛାତ୍ରୀ ଏବଂ ସେମାନଙ୍କ ପରିବାର ସକ୍ରିୟ ଭାବରେ ଅଂଶଗ୍ରହଣ କରିଥିଲେ।ମୁଖ୍ୟ ଅତିଥି ଡ. ବାଗ ରାଷ୍ଟ୍ର ନିର୍ମାଣରେ ହିନ୍ଦୀ ଭାଷାର ମହତ୍ତ୍ୱ ଉପରେ ଗୁରୁତ୍ୱାରୋପ କରିଥିଲେ ଏବଂ ସରକାରୀ ଭାଷା ଅଧିନିୟମ ଅନୁଯାୟୀ ହିନ୍ଦୀରେ ସେମାନଙ୍କର ନୈନ୍ଦିନ କାର୍ଯ୍ୟ କରିବାକୁ ଅଧିକାରୀ ଏବଂ କର୍ମଚାରୀମାନଙ୍କୁ ଆହ୍ୱାନ କରିଥିଲେ। ବରିଷ୍ଠ ହିନ୍ଦୀ ଅଧିକାରୀ ଇନ୍ଦରଜିତ ସିଂ'ଙ୍କ ସମେତ ବିକି ଭର୍ମା, ବିକି କୁମାର ସାହୁ, ଗୋବିନ୍ଦ ଚୌଧୁରୀ, ରୋହିତ ସିଂ ପ୍ରମୁଖ କାର୍ଯକ୍ରମ ପରିଚାଳନା କରିଥିଲେ।



# ଜିନ୍ଦଲ ଷ୍ଟେନଲେସ ଲିମିଟେଡ୍‌ର ସିଏସଆର ପଦକ୍ଷେପ

ଦାନଗଦି,(ପି.ଏନ): ଯାଜପୁର ଜିଲ୍ଲାର ଏକ ଅଗ୍ରଣୀ ସଂସ୍ଥା ଜିନ୍ଦଲ ଷ୍ଟେନଲେସ ଲିମିଟେଡ, ଏହାର କର୍ପୋରେଟ ସାମାଜିକ ଦାଇତ୍ୱ ପଦକ୍ଷେପ ମାଧମରେ ପାରିପାର୍ଶ୍ୱିକ ସମ୍ପ୍ରଦାୟର କଲ୍ୟାଣ ବୃଦ୍ଧିରେ ସକ୍ରିୟ ଭାବରେ ଜଡିତ ଅଛି। ସମ୍ପ୍ରତି, ଏହା ଦାନଗଦିର ସୋଲେଇ ଗାଁରେ "ସ୍ୱଚ୍ଛତା ହିଁ ସେବା" କାର୍ଯ୍ୟକ୍ରମର ଆୟୋଜନ କରିଥିଲା, ଏହି କାର୍ଯ୍ୟକ୍ରମ ଅଧୀନରେ ଉକ୍ତ ଗ୍ରାମର ତିନୋଟି ସ୍ଥାନରେ ଥିବା ଅଳିଆ ଗଦାଗୁଡିକୁ ସଫା କରାଯାଇ ଉକ୍ତ ସ୍ଥାନ ଗୁଡିକରେ ବିଭିନ୍ନ ପ୍ରକାର ପୁଷ୍ପ ବୃକ୍ଷ ଗୁଡିକ ରୋପଣ କରାଯାଇଅଛି। ସମ୍ମାନିତ ଅତିଥିମାନଙ୍କ ମଧ୍ୟରେ ଦାନଗଦି ବିଡିଓ ଶ୍ରୀ ସାରଦା ପ୍ରସନ୍ନ ପଣ୍ଡା, ଆରଡବ୍ଲୁଏସଏସ ଅଧିକାରୀ ଶ୍ରୀଯୁକ୍ତ ଦିପ୍ତିମନ୍ତ ମଲ୍ଲିକ, ତ୍ରୀଜଙ୍ଗା ଗ୍ରାମ ପଂଚାୟତ ର ସମ୍ପ୍ରସାରଣ ଅଧିକାରୀ କାମିନୀ ସାହୁ ଏବଂ ଜିନ୍ଦଲ ଷ୍ଟେନଲେସର ସିଏସଆର ଓ ପରିବେଶ ବିଭାଗ ର ଅଧିକାରୀମାନେ ଯୋଗ ଦେଇ ବୃକ୍ଷ ରୋପଣ କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ।ଏହା ସହିତ ଜିନ୍ଦଲ ପ୍ରତିଦିନ ଓଦା ଏବଂ ଶୁଖିଲା ଅଳିଆ ସଂଗ୍ରହ କରି ପରିବେଶ ସମସ୍ୟା ଉପରେ ଏଠିକାର ବାସିନ୍ଦାଙ୍କୁ ଶିକ୍ଷା ଦେଇ ସୋଲେଇକୁ ଏକ ମଡେଲ ବର୍ଜ୍ୟମୁକ୍ତ ଗ୍ରାମ କରିବାକୁ ଲକ୍ଷ୍ୟ ରଖିଛି। ଏହି କାର୍ଯକ୍ରମରେ ସୋଲେଇ ଗ୍ରାମର ସ୍ୱୟଂସହାୟକ ଗୋଷ୍ଠୀ, କିଶୋରୀ ବାଳିକା ମଣ୍ଡଳର ସଭ୍ୟା ଓ ବିଦ୍ୟାଳୟର ଛାତ୍ର ଛାତ୍ରୀ ପ୍ରମୁଖ ଅଂଶ ଗ୍ରହଣ କରି ବୃକ୍ଷ ରୋପଣ କରବା ସହିତ ସୋଲେଇ ଗ୍ରାମକୁ ବର୍ଜ୍ୟ ବସ୍ତୁ ମୁକ୍ତ ଗ୍ରାମ କରିଗଢି ତୋଳିବା ପାଇଁ ଜିନ୍ଦଲ ଷ୍ଟେନଲେସ ଲିମିଟେଡ ସମ୍ପୂର୍ଣ୍ଣ ରୂପେ ସହଯୋଗ କରିବେ ବୋଲି ମତବ୍ୟକ୍ତ କରିଥିଲେ। ଏହି କାର୍ଯ୍ୟକ୍ରମ ଆନୁକୁଲ୍ୟରେ ବିଶେଷକରି ସୋଲେଇ ପ୍ରାଥମିକ ବିଦ୍ୟାଳୟରେ ଏକ ଚିତ୍ରାଙ୍କନ ପ୍ରତିଯୋଗିତା ଆୟୋଜନ କରାଯାଇଥିଲା, ଯେଉଁଠାରେ ୩୦ ରୁ ଅଧିକ ପିଲା ଅଂଶଗ୍ରହଣ କରିଥିଲେ ଏବଂ ମୁଖ୍ୟ ଅତିଥି ଶ୍ରୀ ସତ୍ୟ ନାରାୟଣ ନାୟକଙ୍କଠାରୁ ପୁରସ୍କାର ଗ୍ରହଣ କରିଥିଲେ। ଅନ୍ୟ ଏକ ପଦକ୍ଷେପରେ ଜିନ୍ଦଲ ଷ୍ଟେନଲେସ ଲିମିଟେଡ ରଣଗୁଣ୍ଡି ପଞ୍ଚାୟତର ମାଣ୍ଡପଡା ଗ୍ରାମରେ ଏକ ସିଲେଇ ତାଲିମ କେନ୍ଦ୍ର ଆରମ୍ଭ କରି ଏହି ଅଞ୍ଚଳର ୪୦ ରୁ ଅଧିକ ମହିଳା ତାଲିମପ୍ରାପ୍ତ ବ୍ୟକ୍ତିଙ୍କୁ ଉପକୃତ କରିଥିଲେ। ଜେଏସେଲ ର ମାନବ ସମ୍ବଳ ଓ ଶିଳ୍ପ ସମ୍ପର୍କ ବିଭାଗର ଡି. ଜି.ଏମ ଶ୍ରୀଯୁକ୍ତ ଜି ଆର କ୍ରୀଷ୍ଣା କୁମାର ଏହାକୁ ଉଦ୍ଘାଟନ କରିଥିଲେ। ଜିନ୍ଦଲଙ୍କ ସିଏସଆର ବିଭାଗର ଶ୍ରୀ ସୁକାନ୍ତ ରଥ, ସଞ୍ଜୟ କୁମାର ମହାନ୍ତି, ତପନ କୁମାର ନାୟକ ଏବଂ ହେମନ୍ତ ବାହାଲିଆ ଏହି କାର୍ଯ୍ୟକ୍ରମ ଗୁଡିକର ପରିଚାଳନା କରିଥିଲେ, ଯାହା ସ୍ଥାନୀୟ ମହିଳା ସଶକ୍ତିକରଣ ତଥା ସେମାନଙ୍କ ଦକ୍ଷତା ବୃଦ୍ଧି ପାଇଁ କମ୍ପାନୀର ପ୍ରତିବଦ୍ଧତାକୁ ପ୍ରତିଫଳିତ କରିଥିଲା






# ମା ମାଣିକେଶ୍ୱରୀଙ୍କ ପ୍ରସିଦ୍ଧ ଛତର ଯାତ୍ରା ନିମନ୍ତେ କ୍ଷେତ୍ର ପ୍ରସ୍ତୁତି ପଥ ବୁଲି ଦେଖିଲେ ଜିଲ୍ଲାପାଳ

ଭବାନୀପାଟଣା,(ପି.ଏନ): କଳାହାଣ୍ଡି ର ଅଧିଷ୍ଠାତ୍ରୀ ଦେବୀ ମା ମାଣିକେଶ୍ୱରୀ ଙ୍କ ପ୍ରସିଦ୍ଧ ଛତର ଯାତ୍ରା ଆସନ୍ତା ଅକ୍ଟୋବର ୧୧ ତାରିଖରେ ଭବାନୀ ପାଟଣା ଠାରେ ମହାସମାରୋହରେ ଅନୁଷ୍ଠିତ ହେବ କ୍ଷ ଜେନା ଖାଲ ରେ ମା ଙ୍କ ଛତର ର ବିଧି ଅନୁସାରେ ପୂଜ୍ୟ ପୂଜା ସାରି ମାଣିକେଶ୍ୱରୀ ମନ୍ଦିର ପର୍ଯ୍ୟନ୍ତ ହଜାର ହଜାର ଭକ୍ତ ଙ୍କୁ ଦର୍ଶନ ଦେବା ନିମନ୍ତେ ଭକ୍ତଙ୍କ ଭିତରେ ମା ଙ୍କ ଛତର ମନ୍ଦିର ପ୍ରବେଶ କରିବ। ଛତର ଉତ୍ସବ କୁ ମହାସମାରୋହରେ ଶାନ୍ତି, ଶୃଙ୍ଖଳା ସହିତ ପାଳନ କରିବା ପାଇଁ ଜିଲ୍ଲା ପ୍ରଶାସନ ତରଫରୁ ଆବଶ୍ୟକ ସମସ୍ତ ବ୍ୟବସ୍ଥା ର ପ୍ରସ୍ତୁତି ଜାରିରହିଛି। ଆଜି ଜିଲ୍ଲାପାଳ ପାଓ୍ୱାର ସଚ୍ଚିନ ପ୍ରକାଶ ଜେନାଖାଲ ପରିଦର୍ଶନରେ ଆସି ଆବଶ୍ୟକ ପ୍ରସ୍ତୁତି ଅନୁଧ୍ୟାନ କରି ଜେନା ଖାଲ ରୁ ମା ମାଣିକେଶ୍ୱରୀ ମନ୍ଦିର ପର୍ଯ୍ୟନ୍ତ ଚାଲି ଚାଲି ଛତର ଯାତ୍ରା ପରିକ୍ରମା ପଥ ବୁଲି ଦେଖିଥିଲେ ଏବଂ ସମ୍ପୃକ୍ତ ବିଭାଗୀୟ ଅଧିକାରୀ ମାନଙ୍କୁ ନିଜ ନିଜର ଦାୟିତ୍ୱ ସୂଚାରୁ ରୂପେ ତୁଲାଇବା ପାଇଁ ପରାମର୍ଶ ଦେଇଥିଲେ।ଜିଲ୍ଲାପାଳଙ୍କ ଏହି କ୍ଷେତ୍ର ପରିଦର୍ଶନ କାର୍ଯ୍ୟକ୍ରମ ରେ ଜିଲ୍ଲାପାଳଙ୍କ ସହିତ ଅତିରିକ୍ତ ଜିଲ୍ଲାପାଳ ତନ୍ମୟ କୁମାର ଦର ଓ୍ୱାନ,ପ୍ରବେସନରୀ ଭାରତୀୟ ପ୍ରଶାସନିକ ସେବା ଅଧିକାରୀ କସ୍ତୁରୀ ପଣ୍ଡା,ଉପ ଜିଲ୍ଲାପାଳ ଭବାନୀପାଟଣା,ପ୍ରଭାତ ପରିଡ଼ା,ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ, ଏ ବି, ଗୁରୁ, ଉପ ଆରକ୍ଷୀ ଅଧିକ୍ଷକ, ସଦର ସୁନାରାମ ହେମ୍ବ୍ରମ,ତହସିଲଦାର ସୁଭ ସ୍ମିତା ମିଶ୍ର, ଏସ୍ ଇ,ପି ଡବ୍ଲ୍ୟୁ ଡି, ପ୍ରକାଶ ବେହେରା, ଜିଲ୍ଲା ସଂସ୍କୃତି ଅଧିକାରୀ ବିବେକାନନ୍ଦ ମହାନନ୍ଦ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ହଳଧର ନିଆଲ, ନିର୍ବାହୀ ଅଧିକାରୀ ପୌରପାଳିକା, ସତ୍ୟସମ୍ପର୍ଣ୍ଣ କ୍ଷ ରାଉତ, ସହକାରୀ ଜିଲ୍ଲାପାଳ ମମତା ଦାସ,ଆଇ ଆଇ ସି, ସଦର ନରେଶ ପ୍ରଧାନ,ଆନୁଷ୍ଠାନିକ ଯନ୍ତ୍ର ସୁରକ୍ଷା ଅଧିକାରୀ ଅଂଶୁମାନ ବାବୁ,ଉତ୍ସବ ସାହୁ, ସୁବ୍ରତ ବହିଦାର ପ୍ରମୁଖ ଯୋଗଦେଇ ଥିଲେ।

# ବିଶ୍ୱର ପ୍ରଥମ ୩ଡି+୪କେ ୫୫' ଏଣ୍ଡୋସ୍ପାଇନ୍ ଅସ୍ତ୍ରୋପଚାର ଏବେ ଓଡିଶାରେ ଉପଲବ୍ଧ

ଭୁବନେଶ୍ୱର,(ପି.ଏନ): ମେରୁଦଣ୍ଡ ଓ ଭର୍ଟବାଏ ସ୍ଲିପ ଡିସ୍କ ତଥା ସ୍କିଆଟିକାର ଦୁଇଟି ସାଧାରଣ ଓ ଯନ୍ତ୍ରଣାଦାୟକ ରୋଗର ସଫଳ ଅସ୍ତ୍ରୋପଚାର କରାଯାଇପାରିବ ବୋଲି ଭୁବନେଶ୍ୱର ନୟାପଲ୍ଲୀ ସ୍ଥିତ ମଡର୍ଣ୍ଣ ଆର୍ଥୋ କ୍ଲିନିକର ଏଣ୍ଡୋସ୍କପିକ୍ ସର୍ଜନ୍ ତଥା ଅର୍ଥୋପେଡିସିଆନ୍ ଡାକ୍ତର ପିସି ଦେ କହିଛନ୍ତି। ଅତ୍ୟାଧୁନିକ ୩ଡି+୪କେ ୫୫" ଏଣ୍ଡୋସ୍ପାଇନ୍ ଅସ୍ତ୍ରୋପଚାର ବର୍ତ୍ତମାନ ଓଡିଶାରେ ଉପଲବ୍ଧ ବୋଲି ଡାକ୍ତର ଦେ କହିଛନ୍ତି, ଯାହାକି ବିଶ୍ୱରେ ପ୍ରଥମ ଅଟେ। ଏହାକୁ ଏକ ସର୍ବନିମ୍ନ ଇନଭେସିଭ୍ କୌଶଳ ଭାବରେ ବିବେଚନା କରାଯାଏ। ୩ଡି+୪କେ ୫୫" ଏଣ୍ଡୋଭିଜନ୍ ସିଷ୍ଟମ୍ ଭଳି ଉନ୍ନତ ଚିକିତ୍ସା ବିଜ୍ଞାନର ଆବିର୍ଭାବ ହେଲେ ଏଭଳି ରୋଗର ଚିକିତ୍ସା ଓ ଅସ୍ତ୍ରୋପଚାର ସର୍ବନିମ୍ନ ଇନଭେସିଭ ଜ୍ଞାନକୌଶଳରେ କରାଯାଇପାରିବ ବୋଲି ଡାକ୍ତର ଦେ କହିଛନ୍ତି। ଏଭଳି କୌଶଳ ଚିକିତ୍ସା ସମୟରେ କମ୍ ରକ୍ତ କ୍ଷୟ, ଅସ୍ତ୍ରୋପଚାର ପାଇଁ ଛୋଟ ଛୋଟ କଣା ବା ଗାତ ହୋଇଥାଏ ଏବଂ ରୋଗୀଙ୍କ ଶୀଘ୍ର ଆରୋଗ୍ୟ ଲାଭ କରିଥାଏ। ଡାକ୍ତର ଦେ ଗତ ୧୭ ବର୍ଷ ମଧ୍ୟରେ ଏଭଳି ୩୦୦୦ରୁ ଅଧିକ ମାମଲା କରିସାରିଛନ୍ତି।ଫ୍ରାନ୍ସର ଡାକ୍ତର ଜନ୍ ଡେଷ୍ଟାଣ୍ଡାଉଙ୍କଠାରୁ ପ୍ରଶିକ୍ଷଣ ନେବା ପରେ ସେ ୨୦୦୭ମସିହାରେ ଏଣ୍ଡୋସ୍ପାଇନ୍ ସର୍ଜନ୍ ଭାବରେ କ୍ୟାରିୟର ଆରମ୍ଭ କରିଥିଲେ। ୨୦୨୨ ଜାନୁଆରୀ ୮ ତାରିଖରେ ସେ ଭୁବନେଶ୍ୱରରେ ଥ୍ରିଡି ଏଣ୍ଡୋଭିଜନ ସିଷ୍ଟମ ସ୍ଥାପନ କରିଛନ୍ତି ଏବଂ ପ୍ରାୟ ୩୦୦ଟି ମାମଲାକୁ ଅଧିକ ଉତମ ଭିଜୁଆଲାଇଜେସନ୍ ଏବଂ ଡେପ୍ଥ ପରସେପ୍ସନ୍ (ଯାହା ଆଇନକ୍ସ ସିନେମା ଭଳି ଥ୍ରୀଡି ଚିତ୍ର ଦେଇଥାଏ ଏବଂ ଜଟିଳତାକୁ ସମ୍ପୂର୍ଣ୍ଣ ସର୍ବନିମ୍ନ ପର୍ଯ୍ୟନ୍ତ ହ୍ରାସ କରିପାରିବ) ସହିତ ସଫଳତାର ସହ ପରିଚାଳନା କରିଛନ୍ତି। ୧୧ ଅଗଷ୍ଟ ୨୦୨୪ରେ ସେ ଓଡିଶାର ଭୁବନେଶ୍ୱରଠାରେ ବିଶ୍ୱର ଅଲଟିମେଟ୍ ଏଣ୍ଡୋଭିଜନ ସିଷ୍ଟମ ୩ଡି +୪କେ ୫୫" ଏଣ୍ଡୋସ୍ପାଇନ୍ ଟୁଲ୍ ସ୍ଥାପନ କରିଥିଲେ ଏବଂ ବର୍ତ୍ତମାନ ସୁଦ୍ଧା ୩୫ଟି ମାମଲା ପରିଚାଳନା କରିଛନ୍ତି। ସେ କହିଛନ୍ତି ଏଭଳି ପ୍ରଯୁକ୍ତିକୁ ଓଡିଶା ଓ ଦୁନିଆରେ ପ୍ରଥମ ଥର ଲାଗି ବ୍ୟବହାର କରାଯାଇଛି।ଏହି ଦୁଇଟି ରୋଗ ପ୍ରାୟତଃ ଜନସାଧାରଣଙ୍କ ମଧ୍ୟରେ ପିଠି ଯନ୍ତ୍ରଣାସମସ୍ୟାର ମୁଖ୍ୟ କାରଣ ହୋଇଥାଏ। ଏମାନଙ୍କ ମଧ୍ୟରୁ ଅଧିକାଂଶ କ୍ଷେତ୍ରରେ ସ୍ନାୟୁ ସଂକୁଚିତ ହୋଇଥାଏ, ଯାହା ଫଳରେ ଯନ୍ତ୍ରଣା ବଢିଥାଏ। ବେଳେବେଳେ ଠିକ୍ ସମୟରେ ଯଦି ରୋଗ ନିର୍ଣ୍ଣୟ ଓ ଚିକିତ୍ସା କରା ନଯାଏ ପାଦର ଅସ୍ଥିରତା ଓ ଆଘାତ ହେବା ସହ ଅନ୍ୟାନ୍ୟ ସ୍ୱାସ୍ଥ୍ୟ ପ୍ରତି ବିପଦ ସୃଷ୍ଟି ହୋଇଥାଏ। ପିଠି ଯନ୍ତ୍ରଣା ବର୍ତ୍ତମାନ ଶତାବ୍ଦୀରେ ଶୁଣିବାକୁ ମିଳୁଥିବା ସବୁଠାରୁ ସାଧାରଣ ଅଭିଯୋଗ। ଏହା ସାଧାରଣ ହେବା ବ୍ୟତୀତ ଏହା ଅତ୍ୟନ୍ତ ଯନ୍ତ୍ରଣାଦାୟକ, ଦୁଃଖଦାୟକ ଏବଂ ନୈନ୍ଦିନ କାର୍ଯ୍ୟକଳାପରେ ପ୍ରତିବନ୍ଧକ ସୃଷ୍ଟି କରେ। ଏକ ଆକଳନ ଅନୁଯାୟୀ ୭୭% ଲୋକ ସେମାନଙ୍କ ଜୀବନକାଳ ମଧ୍ୟରେ ଅତି କମରେ ଥରେ ପିଠି ଯନ୍ତ୍ରଣା ଏବଂ ୩୫% ସ୍କିଆଟିକାରେ ପୀଡିତ। ଏମଆରଆଇର ଆବିର୍ଭାବ ସହିତ ପିଠି ଯନ୍ତ୍ରଣାର କାରଣ ବହୁତ ଶୀଘ୍ର ଏବଂ ପ୍ରାୟ ୧୦୦% ସଠିକ୍ ଭାବରେ ନିର୍ଣ୍ଣୟ କରାଯାଉଛି। ୨୦୨୪ ଅକ୍ଟୋବର ୩ରୁ ୫ ତାରିଖ ପର୍ଯ୍ୟନ୍ତ ଏଭଳି ଏକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଆୟୋଜନ କରାଯାଉଛି ବୋଲି ଡବ୍ଲୁଇଏସ୍ଏସ୍ - ଓ୍ୱାର୍ଲ୍ଡ ଏଣ୍ଡୋସ୍କୋପିକ୍ ସ୍ପାଇନ୍ ସୋସାଇଟିର ଉପାଧ୍ୟକ୍ଷ ଡ. ଦେ କହିଛନ୍ତି। ଡକ୍ଟର ଦେ ଓଡିଶାରେ ଏଣ୍ଡୋସ୍ପାଇନ୍ ସର୍ଜରୀରେ ଅଗ୍ରଣୀ ଏବଂ ବିଶ୍ୱର ଅନ୍ୟତମ ଅଗ୍ରଣୀ। ସେ ଫ୍ରାନ୍ସର ଡକ୍ଟର ଜିନ୍ ଡେସଟାଣ୍ଡାଉଙ୍କଠାରୁ ସିଧାସଳଖ ଏହି ମହତ ପଦ୍ଧତି ଶିଖିଛନ୍ତି। ସେ ଆହୁରି ମଧ କହିଛନ୍ତି ଯେ ଏଣ୍ଡୋସ୍କୋପିକ୍ ମେରୁଦଣ୍ଡ ଅସ୍ତ୍ରୋପଚାର ହେଉଛି ପିଠି ଯନ୍ତ୍ରଣା ସମସ୍ୟା ପାଇଁ ଅତ୍ୟାଧୁନିକ ପରିଚାଳନା ବ୍ୟବସ୍ଥା। ନିଜେ ଡାକ୍ତର ଦେ ଏହି କୌଶଳରେ ଏଭଳି ପ୍ରାୟ ୩ ହଜାର ଅସ୍ତ୍ରୋପଚାର କରିଛନ୍ତି। ଓପନ୍ କିମ୍ବା ମାଇକ୍ରୋ ମେରୁଦଣ୍ଡ ଅସ୍ତ୍ରୋପଚାର ଭଳି ପାରମ୍ପରିକ ପ୍ରକ୍ରିୟା ତୁଳନାରେ ଏହା ପ୍ରାୟ ଶତ ପ୍ରତିଶତ ସଫଳତା ହାସଲ କରିବା ସହ ଅପରେସନ ଲକ୍ଷ୍ୟରେ ଅନେକ ଗୁଣ ସଠିକତା ହାସଲ କରିଥାଏ ବୋଲି ସେ କହିଛନ୍ତି। ଡାକ୍ତର ଦେ କହିଛନ୍ତି ଯେ ଏହି କୌଶଳ ଅଧୀନରେ ଏହି ଅସ୍ତ୍ର ?।ପଚାରରେ ସେମାନଙ୍କ ରୋଗୀଙ୍କ ଉପରେ ପ୍ରାୟ ୧୬ ମିଟର -୧୮ ମିଲିମିଟରର କ୍ଷୁଦ୍ର ଚିରା କରାଯାଏ। ୪ ମିଲିମିଟର ୩ଡି+୪କେ କ୍ୟାମେରା (ଲାଇଟ୍) ଏବଂ ୫୫ ଇଂଚର ମନିଟର ଭଳି ଏଣ୍ଡୋସ୍କୋପିକ ଉପକରଣ ବ୍ୟବହାର କରାଯାଇ ଗଭୀର ଚାଂଚ୍ଚା ଦେଖିବାକୁ ମିଳେ ଯାହା ପ୍ରାୟ ୮୦ରୁ ୧୦୦ ଗୁଣ ବୃଦ୍ଧି ପାଇଥାଏ। ଯାହା ଫଳରେ ରୋଗ ନିର୍ଣ୍ଣୟ ଅଧିକ ଭଲ ଉପାୟରେ ସମ୍ଭବ ହୋଇପାରିବ। ଏହି କୌଶଳ ଦ୍ୱାରା ଶରୀର ଭିତରେ ଥିବା ଯନ୍ତ୍ରଣା ସୃଷ୍ଟିକାରୀ ସ୍ନାୟୁ ବିନ୍ଦୁ ଯଥା ଡିସ୍କ ପଦାର୍ଥ, ପାଥୋଲୋଜିକାଲ ହାଡ ପ୍ରୋଜେକ୍ସନ ଏବଂ ମୋଟା ଲିଗାମେଂଟକୁ ସଠିକ୍ ଭାବରେ ବାହାର କରାଯାଇପାରିବ। ଏହା ପ୍ରଭାବିତ ସ୍ନାୟୁର ଅଂଶଗୁଡିକର ଡିକମ୍ପ୍ରେସନ୍‌ରେ ସାହାଯ୍ୟ କରେ। ବଡ ଧରଣ କାଟିବା, ଅସ୍ତ୍ରୋପଚାର, ଲମ୍ବା ସମୟ ହସ୍ପିଟାଲରେ ରହିବା ଭଳି ପାରମ୍ପରିକ ଅସ୍ତ୍ରୋପଚାର ତୁଳନାରେ ଏଭଳି ଅସ୍ତ୍ର ?।ପଚାର ପ୍ରାୟତଃ ସର୍ବନିମ୍ନ ଯନ୍ତ୍ରଣାଦାୟକ ହୋଇଥାଏ। ଏଣ୍ଡୋସ୍କୋପିକ ମେରୁଦଣ୍ଡ ଅସ୍ତ୍ରୋପଚାରରେ ରୋଗୀ ଅସ୍ତ୍ରୋପଚାର ପରେ ୩-୪ ଘଂଟା ମଧ୍ୟରେ ଶୌଚାଳୟକୁ ଯାଇପାରିବେ ଏବଂ ପରଦିନ ହିଁ ଘରକୁ ଯାଇପାରିବେ। ଏହି ଅସ୍ତ୍ରୋପଚାର ରୋଗୀଙ୍କୁ ସର୍ବନିମ୍ନ ଯନ୍ତ୍ରଣା ଏବଂ କ୍ଷତ ଦେଇଥାଏ ଏବଂ ଏହାର ଆରୋଗ୍ୟ ସମୟ ବହୁତ ଶୀଘ୍ର ହୋଇଥାଏ। ଏହି କୌଶଳରେ ଏଭଳି ଅସ୍ତ୍ରୋପଚାର ପରେ ରୋଗ ପୁନର୍ବାର ଆରମ୍ଭ ହେବାର ସମ୍ଭାବନା କମ୍ ବୋଲି ଡାକ୍ତର ଦେ କହିଛନ୍ତି। ଅଗଷ୍ଟ ୨୦୨୪ରେ ଡକ୍ଟର ଦେ ପାସମିସ କଂଗ୍ରେସରେ ଅଂଶଗ୍ରହଣ କରିବା ପାଇଁ ଚୀନର ତିଆଞ୍ଜେନ ଗସ୍ତ କରିଥିଲେ ଏବଂ ସେପ୍ଟେମ୍ବର ୨୦୨୪ରେ ସେ ଜର୍ମାନୀର ହୋମବର୍ଗ ଗସ୍ତ କରି ଯୁବ ସର୍ଜନଙ୍କୁ କ୍ୟାଡାଭେରିକ୍ ପ୍ରଶିକ୍ଷଣ କାର୍ଯ୍ୟକ୍ରମର ପ୍ରଶିକ୍ଷଣ ଦେଇଥିଲେ ଏବଂ ହୋମବର୍ଗ ବିଶ୍ୱବିଦ୍ୟାଳୟରେ ତାଙ୍କର ଗବେଷଣା କରିଥିଲେ ଏବଂ ଆଇଏସଏମଆଇଏସଏସରେ ଯୋଗ ଦେଇଥିଲେ। ଅକ୍ଟୋବର ୨୦୨୪ରେ ସେ ମିସାବ ପାଇଁ ଗାନ୍ଧୀନଗର ଯାଉଛନ୍ତି ଏବଂ ଯୁବ ସର୍ଜନମାନଙ୍କୁ ପ୍ରଶିକ୍ଷଣ ଦେଉଛନ୍ତି। ନିୟମିତ ବ୍ୟବଧାନରେ ଡ. ଦେ ଏଣ୍ଡୋସ୍ପାଇନ୍ ଉପରେ ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଓ ସମ୍ମିଳନୀର ଆୟୋଜନ କରୁଛନ୍ତି। ସେ ଡବ୍ଲୁଇଏସ୍ଏସ୍ (ଓ୍ୱାର୍ଲ୍ଡ ଏଣ୍ଡୋସ୍କୋପିକ୍ ସ୍ପାଇନ୍ ସୋସାଇଟି) କଂଗ୍ରେସର ଏକ ଅଂଶ ଏବଂ ଏହି ଫୋରମ୍‌କୁ ଭାରତ ଏବଂ ଅନ୍ୟାନ୍ୟ ଦେଶର ଅର୍ଥୋ ଏବଂ ନ୍ୟୁରୋସର୍ଜନମାନଙ୍କୁ ପ୍ରଶିକ୍ଷଣ ଦେବା ପାଇଁ ବ୍ୟବହାର କରନ୍ତି। ନ୍ୟୁରୋ ଏବଂ ଅର୍ଥୋ ସର୍ଜନମାନଙ୍କୁ ବାରମ୍ବାର ତାଲିମ ଦେବା ପାଇଁ ସେ ଭାରତ ଏବଂ ବିଦେଶର ବିଭିନ୍ନ ସ୍ଥାନ ପରିଦର୍ଶନ କରନ୍ତି। ୨୦୨୪ ଅକ୍ଟୋବର ୩ରୁ ୫ ତାରିଖ ପର୍ଯ୍ୟନ୍ତ କିମ୍ସ ଏବଂ କିଡ୍ସରେ ଲାଇଭ୍ ସର୍ଜରିରେ ଏଭଳି ଏକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଆୟୋଜନ କରାଯାଉଛି।

Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray